# ପରମେଶ୍ୱର ତୁମ୍ଭମାନଙ୍କୁ ଭଲ ପାଆନ୍ତି !



# ପରମେଶ୍ୱର ଆମ୍ଭମାନଙ୍କୁ ତଥା ଜଗତ ମଧ୍ୟରେ ଥିବା ସବୁକିଛି ସୃଷ୍ଟି କରିଅଛନ୍ତି ।

ଆଦ୍ୟରେ ପରମେଶ୍ୱର ସ୍ୱର୍ଗ ଓ ପୃଥିବୀର ସୃଷ୍ଟି କଲେ।    - ଆଦି ପୁସ୍ତକ 1:1

ଅନନ୍ତର ସଦାପ୍ରଭୁ ପରମେଶ୍ୱର ଭୂମିର ଧୂଳି ଦ୍ୱାରା ମନୁଷ୍ୟକୁ ନିର୍ମାଣ କରି ତାହାର ନାସିକାରନ୍ଧ୍ରରେ ଫୁଙ୍କ ଦେଇ ପ୍ରାଣବାୟୁ ପ୍ରବେଶ କରାଇଲେ; ତହିଁରେ ମନୁଷ୍ୟ ଜୀବିତ ପ୍ରାଣୀ ହେଲା।    - ଆଦି ପୁସ୍ତକ 2:7

କାରଣ ଦୃଶ୍ୟ ଓ ଅଦୃଶ୍ୟ, ସ୍ୱର୍ଗରେ ଓ ପୃଥିବୀରେ ସମସ୍ତ ବିଷୟ ତାହାଙ୍କ ଦ୍ୱାରା ସୃଷ୍ଟି ହେଲା, ସିଂହାସନ କି ପ୍ରଭୁତ୍ୱ କି ଆଧିପତ୍ୟ କି କର୍ତ୍ତାପଣ, ସମସ୍ତ ତାହାଙ୍କ ଦ୍ୱାରା ଓ ତାହାଙ୍କ ନିମନ୍ତେ ସୃଷ୍ଟ ହୋଇଅଛି;    - କଲସୀୟ 1:16

ସଦାପ୍ରଭୁ ଯେ ପରମେଶ୍ୱର ଅଟନ୍ତି, ଏହା ତୁମ୍ଭେମାନେ ଜ୍ଞାତ ହୁଅ; ସେ ଆମ୍ଭମାନଙ୍କୁ ନିର୍ମାଣ କରିଅଛନ୍ତି ଓ ଆମ୍ଭେମାନେ ତାହାଙ୍କର ଅଟୁ; ଆମ୍ଭେମାନେ ତାହାଙ୍କର ଲୋକ ଓ ତାହାଙ୍କ ଚରାସ୍ଥାନର ମେଷ।    - ଗୀତସଂହିତା 100:3

ଏଥିଉତ୍ତାରୁ ପରମେଶ୍ୱର କହିଲେ, ଆମ୍ଭେମାନେ ଆପଣା ପ୍ରତିମୂର୍ତ୍ତିରେ ଓ ଆପଣା ସାଦୃଶ୍ୟରେ ମନୁଷ୍ୟର ନିର୍ମାଣ କରୁ। ସେମାନେ ଜଳଚର ମତ୍ସ୍ୟଗଣ ଓ ଖେଚର ପକ୍ଷୀଗଣ ଓ ପଶୁଗଣ ଓ ସମସ୍ତ ପୃଥିବୀ ଓ ଭୂମିରେ ଗମନଶୀଳ ସବୁ ଉରୋଗାମୀ ଜନ୍ତୁ ଉପରେ କର୍ତ୍ତୃତ୍ୱ କରିବେ। ଅନନ୍ତର ପରମେଶ୍ୱର ଆପଣା ପ୍ରତିମୂର୍ତ୍ତିରେ ମନୁଷ୍ୟକୁ ସୃଷ୍ଟି କଲେ; ପରମେଶ୍ୱରଙ୍କ ପ୍ରତିମୂର୍ତ୍ତିରେ ସେ ତାହାକୁ ସୃଷ୍ଟି କଲେ; ପୁରୁଷ ଓ ସ୍ତ୍ରୀ କରି ସେ ସେମାନଙ୍କୁ ସୃଷ୍ଟି କଲେ।    - ଆଦି ପୁସ୍ତକ 1: 26 – 27

***ପରମେଶ୍ୱର ମନୁଷ୍ୟକୁ ତାଙ୍କ ସହିତ ସବୁଦିନ ପାଇଁ ଜୀବିତ ରଖିବାକୁ ସୃଷ୍ଟି କଲେ ।***

All Scriptures are taken from the Odia Bible with permission from the Bible Society of India



## ପରମେଶ୍ୱର ଆଦମ ଏବଂ ହବାଙ୍କୁ ଏଦନ ଉଦ୍ୟାନରେ ସ୍ଥାପିତ କଲେ ।

ପୁଣି ସଦାପ୍ରଭୁ ପରମେଶ୍ୱର ସେହି ମନୁଷ୍ୟକୁ ନେଇ ଏଦନ ଉଦ୍ୟାନକୁ ସୁସଜ୍ଜିତ ଓ ରକ୍ଷା କରିବା ପାଇଁ ନିଯୁକ୍ତ କଲେ। ସଦାପ୍ରଭୁ ପରମେଶ୍ୱର ସେହି ମନୁଷ୍ୟକୁ ଆଜ୍ଞା ଦେଇ କହିଲେ, ତୁମ୍ଭେ ଉଦ୍ୟାନର ସମସ୍ତ ବୃକ୍ଷର ଫଳ ସ୍ୱଚ୍ଛନ୍ଦରେ ଭୋଜନ କରି ପାର, ମାତ୍ର ସଦସତ୍ ଜ୍ଞାନଦାୟକ ବୃକ୍ଷର ଫଳ ଭୋଜନ କରିବ ନାହିଁ, ଯେହେତୁ ଯେଉଁ ଦିନ ତାହା ଖାଇବ, ସେହି ଦିନ ନିତାନ୍ତ ମରିବ।

- ଆଦି ପୁସ୍ତକ 2: 15 – 17

### *ସର୍ପ, ଯାହାକୁ ଖଳ ବ୍ୟକ୍ତି ବା ଶୟତାନ ମଧ୍ୟ କୁହାଯାଏ, ପରମେଶ୍ୱରଙ୍କ କର୍ତ୍ତୃତ୍ୱ ଉପରେ ପ୍ରଶ୍ନ କରେ ଏବଂ ଏକ ମିଥ୍ୟା କହିଥାଏ ।*

ସର୍ପ ନାରୀଙ୍କି କହିଲା, ତୁମ୍ଭେମାନେ କୌଣସି ରୂପେ ମରିବ ନାହିଁ; ଏଥିରେ ନାରୀ ସେହି ବୃକ୍ଷକୁ ସୁଖାଦ୍ୟର ଉତ୍ପାଦକ ଓ ନୟନର ଲୋଭଜନକ ଓ ଜ୍ଞାନ ଦେବା ନିମିତ୍ତ ବାଞ୍ଛନୀୟ ଦେଖି ତହିଁରୁ ଫଳ ତୋଳି ଖାଇଲେ, ପୁଣି ଆପଣା ସଙ୍ଗସ୍ଥ ସ୍ୱାମୀଙ୍କୁ ଦିଅନ୍ତେ, ସେ ମଧ୍ୟ ଖାଇଲେ। - ଆଦି ପୁସ୍ତକ 3: 4, 6

### *ଆମ୍ଭମାନଙ୍କର ଶତ୍ରୁ, ଶୟତାନ ଜଣେ ମିଥ୍ୟାବାଦୀ ଅଟେ - ଆମ୍ଭେମାନେ ତାହାର କଥା କେବେ ବି ଶୁଣିବା ଉଚିତ୍ ନୁହେଁ ।*

ତୁମ୍ଭେମାନେ ତୁମ୍ଭମାନଙ୍କର ପିତା ଶୟତାନଠାରୁ ଉତ୍ପନ୍ନ, ଆଉ ତୁମ୍ଭମାନଙ୍କ ପିତାର କାମନା ସାଧନ କରିବା ତୁମ୍ଭମାନଙ୍କର ଇଚ୍ଛା। ସେ ଆଦ୍ୟରୁ ନରଘାତକ, ଆଉ ସେ ସତ୍ୟରେ ରହେ ନାହିଁ, କାରଣ ତାହାଠାରେ ସତ୍ୟ ନାହିଁ। ଯେତେବେଳେ ସେ ମିଥ୍ୟା କହେ, ସେତେବେଳେ ସେ ନିଜଠାରୁ କହେ; କାରଣ ସେ ମିଥ୍ୟାବାଦୀ ଓ ମିଥ୍ୟା-ବାଦୀର ପିତା। - ଯୋହନ 8:44



**ଆଦମ, ହବା ପାପ କରି ମୃତ୍ୟୁକୁ ଜଗତ ମଧ୍ୟକୁ ନିମନ୍ତ୍ରଣ କଲେ ।**

ତହିଁରେ ସଦାପ୍ରଭୁ ପରମେଶ୍ୱର ଆଦମଙ୍କୁ ଡାକି କହିଲେ, ତୁମ୍ଭେ କେଉଁଠାରେ? ସେ ଉତ୍ତର କଲେ, ମୁଁ ଉଦ୍ୟାନ ମଧ୍ୟରେ ତୁମ୍ଭ ରବ ଶୁଣି ଆପଣା ଉଲଙ୍ଗତା ସକାଶେ ଭୀତ ହୋଇ ଲୁଚିଲି। ସେ କହିଲେ, ତୁମ୍ଭେ ଉଲଙ୍ଗ ଅଛ, ଏହା କିଏ ତୁମ୍ଭକୁ ଜଣାଇଲା? ଆମ୍ଭେ ଯେଉଁ ବୃକ୍ଷର ଫଳ ଖାଇବାକୁ ନିଷେଧ କରିଥିଲୁ, ତାହା କି ତୁମ୍ଭେ ଖାଇଅଛ? ଆଦମ କହିଲେ, ତୁମ୍ଭେ ଯେଉଁ ସ୍ତ୍ରୀଙ୍କି ମୋହର ସଙ୍ଗିନୀ ହେବାକୁ ଦେଇଅଛ, ସେ ମୋତେ ସେହି ବୃକ୍ଷର ଫଳ ଦେଲେ, ତହିଁରେ ମୁଁ ଖାଇଲି। ସେତେବେଳେ ସଦାପ୍ରଭୁ ପରମେଶ୍ୱର ନାରୀଙ୍କି କହିଲେ, ଏ କି କଲ? ନାରୀ କହିଲେ, ସର୍ପ ମୋତେ ଭୁଲାଇଲା, ତହିଁରେ ମୁଁ ଖାଇଲି। - ଆଦି ପୁସ୍ତକ 3:9-13

ଅତଏବ, ଯେପରି ଜଣେ ଲୋକ ଦ୍ୱାରା ପାପ ଓ ପାପ ଦ୍ୱାରା ମୃତ୍ୟୁ ଜଗତରେ ପ୍ରବେଶ କଲା, ଆଉ ସେହିପ୍ରକାରେ ମୃତ୍ୟୁ ସମସ୍ତ ଲୋକଙ୍କ ପ୍ରତି ଘଟିଲା, ଯେଣୁ ସମସ୍ତେ ତ ପାପ କଲେ । - ରୋମୀୟ 5:12

ସମସ୍ତେ ତ ପାପ କରିଅଛନ୍ତି, ପୁଣି ଈଶ୍ୱରଙ୍କ ଗୌରବରହିତ ହୋଇଅଛନ୍ତି, - ରୋମୀୟ 3:23

***ସେହି ଦିନଠାରୁ ଆଜି ପର୍ଯ୍ୟନ୍ତ, ପ୍ରତ୍ୟେକ ବ୍ୟକ୍ତି ନିଜ ହୃଦୟରେ ପାପ ପ୍ରକୃତି ସହିତ ଜନ୍ମ ନିଅନ୍ତି ଏବଂ ଦିନେ ମରିଯିବେ କାରଣ ମୃତ୍ୟୁ ପାପ ଦ୍ୱାରା ଆସିଥିଲା***



## ପରମେଶ୍ୱର ଆମ୍ଭମାନଙ୍କୁ ଉଦ୍ଧାର କରିବାକୁ ତାଙ୍କ ପୁତ୍ରଙ୍କୁ ପଠାଇଲେ ।

କାରଣ ଈଶ୍ୱର ଜଗତକୁ ଏଡ଼େ ପ୍ରେମ କଲେ ଯେ, ସେ ଆପଣା ଅଦ୍ୱିତୀୟ ପୁତ୍ରଙ୍କୁ ଦାନ କଲେ, ଯେପରି ଯେକେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ବିନଷ୍ଟ ନ ହୋଇ ଅନନ୍ତ ଜୀବନ ପ୍ରାପ୍ତ ହୁଏ । – ଯୋହନ 3:16

ସେସମୟରେ ସମସ୍ତ ସାମ୍ରାଜ୍ୟବାସୀଙ୍କ ନାମ ଲେଖାଯିବା ନିମନ୍ତେ କାଇସର ଅଗଷ୍ଟଙ୍କଠାରୁ ଆଜ୍ଞା ଘୋଷଣା କରାଗଲା। ସୁରିଆର ଶାସନକର୍ତ୍ତା କ୍ୱିରୀଣୀୟଙ୍କ ସମୟରେ ପ୍ରଥମ ଥର ଏହି ନାମ ଲେଖା ହୋଇଥିଲା। ସେଥିନିମନ୍ତେ ସମସ୍ତେ ନାମ ଲେଖାଇବା ପାଇଁ ଆପଣା ଆପଣା ନଗରକୁ ଯାଉଥିଲେ। ପୁଣି, ଯୋଷେଫ ମଧ୍ୟ ନାମ ଲେଖାଇବା ନିମନ୍ତେ ମରୀୟମଙ୍କ ସହିତ ଗାଲିଲୀର ନାଜରିତ ନଗରରୁ ଯିହୁଦା ପ୍ରଦେଶର ବେଥଲିହିମ ନାମକ ଦାଉଦଙ୍କ ନଗରକୁ ଗଲେ, କାରଣ ସେ ଦାଉଦଙ୍କ ବଂଶ ଓ ଗୋଷ୍ଠୀର ଲୋକ ଥିଲେ; ତାଙ୍କ ସହିତ ମରୀୟମଙ୍କ ବିବାହ ନିର୍ବନ୍ଧ ହୋଇଥିଲା ଓ ସେ ଗର୍ଭବତୀ ଥିଲେ। ସେମାନେ ସେହି ସ୍ଥାନରେ ଥିବା ସମୟରେ ତାଙ୍କର ପ୍ରସବକାଳ ଉପସ୍ଥିତ ହେଲା, ପୁଣି ସେ ଆପଣା ପ୍ରଥମଜାତ ପୁତ୍ର ପ୍ରସବ କଲେ ଏବଂ ତାହାଙ୍କୁ ଲୁଗାରେ ଗୁଡ଼ାଇ ଗୁହାଳକୁଣ୍ଡରେ ଶୁଆଇଲେ, କାରଣ ବସାଘରେ ସେମାନଙ୍କ ପାଇଁ ସ୍ଥାନ ନ ଥିଲା।
– ଲୂକ 2:1-7

ଏଥିରେ ହିଁ ଈଶ୍ୱରଙ୍କ ପ୍ରେମ ଆମ୍ଭମାନଙ୍କ ପ୍ରତି ପ୍ରକାଶିତ ହୋଇଅଛି ଯେ, ସେ ଆପଣାର ଅଦ୍ୱିତୀୟ ପୁତ୍ରଙ୍କୁ ଜଗତକୁ ପ୍ରେରଣ କଲେ, ଯେପରି ଆମ୍ଭେମାନେ ତାହାଙ୍କ ଦ୍ୱାରା ଜୀବନ ପ୍ରାପ୍ତ ହେଉ। – ୧ ଯୋହନ 4:9

କାରଣ ଆମ୍ଭମାନଙ୍କ ନିମନ୍ତେ ଏକ ବାଳକ ଜନ୍ମିଅଛନ୍ତି, ଆମ୍ଭମାନଙ୍କୁ ଏକ ପୁତ୍ର ଦତ୍ତ ହୋଇଅଛନ୍ତି ଓ ତାହାଙ୍କ ସ୍କନ୍ଧରେ କର୍ତ୍ତୃତ୍ୱଭାର ଥୁଆଯିବ; ପୁଣି, ତାହାଙ୍କର ନାମ ଆଶ୍ଚର୍ଯ୍ୟ, ମନ୍ତ୍ରୀ, ପରାକ୍ରାନ୍ତ ପରମେଶ୍ୱର, ଅନନ୍ତକାଳୀନ ପିତା, ଶାନ୍ତିରାଜା ହେବ। – ଯିଶାଇୟ 9:6

***ମାନବ ଜାତିରେ ପ୍ରବେଶ କରିବାକୁ ପରମେଶ୍ୱରଙ୍କ ପୁତ୍ରଙ୍କୁ ଏକ ମାନବ ଶିଶୁ ରୂପ ଧରି ଆସିବାକୁ ପଡିଥିଲା ।***



## ମେଷପାଳକ ଏବଂ ବିଜ୍ଞ ପୁରୁଷମାନେ ଯୀଶୁଙ୍କ ଜନ୍ମକୁ ସ୍ୱାଗତ କଲେ ।

ସେହି ଅଞ୍ଚଳରେ କେତେକ ମେଷପାଳକ ପଦାରେ ରହି ରାତ୍ରିରେ ସେମାନଙ୍କ ପଲ ଜଗୁଥିଲେ। ପ୍ରଭୁଙ୍କର ଜଣେ ଦୂତ ସେମାନଙ୍କ ନିକଟରେ ଉପସ୍ଥିତ ହେଲେ, ପୁଣି ପ୍ରଭୁଙ୍କର ଗୌରବର ଜ୍ୟୋତିଃ ସେମାନଙ୍କ ଚତୁର୍ଦ୍ଦିଗରେ ପ୍ରକାଶିତ ହେଲା, ଆଉ ସେମାନେ ଅତିଶୟ ଭୟଗ୍ରସ୍ତ ହେଲେ। ସେଥିରେ ଦୂତ ସେମାନଙ୍କୁ କହିଲେ, ଭୟ କର ନାହିଁ; ଦେଖ, ମୁଁ ସମସ୍ତ ଲୋକଙ୍କର ଅତ୍ୟନ୍ତ ଆନନ୍ଦଜନକ ସୁସମାଚାର ତୁମ୍ଭମାନଙ୍କୁ ଜଣାଉଅଛି, କାରଣ ଆଜି ଦାଉଦଙ୍କ ନଗରରେ ତୁମ୍ଭମାନଙ୍କ ନିମନ୍ତେ ତ୍ରାଣକର୍ତ୍ତା ଜନ୍ମଗ୍ରହଣ କରିଅଛନ୍ତି, ସେ ଖ୍ରୀଷ୍ଟ ପ୍ରଭୁ,। ଆଉ, ତୁମ୍ଭମାନଙ୍କ ନିମନ୍ତେ ଏହା ଚିହ୍ନସ୍ୱରୂପ ହେବ, ତୁମ୍ଭେମାନେ ଜଣେ ଶିଶୁଙ୍କୁ ଲୁଗାରେ ଗୁଡ଼ା ହୋଇ ଗୁହାଳକୁଣ୍ଡରେ ଶୋଇଥିବାର ଦେଖିବ। ପୁଣି, ଅକସ୍ମାତ୍ ସେହି ଦୂତଙ୍କ ସାଙ୍ଗରେ ସ୍ୱର୍ଗୀୟ ବାହିନୀର ଗୋଟିଏ ବୃହତ୍ ଦଳ ଉପସ୍ଥିତ ହୋଇ ଈଶ୍ୱରଙ୍କ ସ୍ତବଗାନ କରୁ କରୁ କହିଲେ, ଊର୍ଦ୍ଧ୍ୱଲୋକରେ ଈଶ୍ୱରଙ୍କ ମହିମା, ପୁଣି ପୃଥିବୀରେ ତାହାଙ୍କ ସନ୍ତୋଷପାତ୍ର ମନୁଷ୍ୟମାନଙ୍କ ମଧ୍ୟରେ ଶାନ୍ତି। ଦୂତମାନେ ସେମାନଙ୍କଠାରୁ ସ୍ୱର୍ଗକୁ ପ୍ରସ୍ଥାନ କଲା ଉତ୍ତାରେ ମେଷପାଳକମାନେ ପରସ୍ପର କହିବାକୁ ଲାଗିଲେ, ଆସ, ଆମ୍ଭେମାନେ ବେଥଲିହିମ ପର୍ଯ୍ୟନ୍ତ ଯାଇ, ପ୍ରଭୁ ଆମ୍ଭମାନଙ୍କୁ ଏହି ଯେଉଁ ଘଟଣା ଜଣାଇଲେ, ତାହା ଦେଖିବା। ଏଥିରେ ସେମାନେ ଶୀଘ୍ର ଯାଇ ଅନ୍ୱେଷଣ କରି ମରୀୟମ ଓ ଯୋଷେଫଙ୍କୁ, ପୁଣି ଗୁହାଳକୁଣ୍ଡରେ ଶିଶୁଙ୍କୁ ଶୋଇଥିବା ଦେଖିଲେ। – ଲୂକ 2: 8-16

ସେମାନେ ତାରା ଦେଖି ମହାନନ୍ଦରେ ଅତିଶୟ ଆନନ୍ଦିତ ହେଲେ, ଆଉ ଗୃହ ଭିତରକୁ ଯାଇ ଶିଶୁଙ୍କୁ ତାହାଙ୍କ ମାତା ମରୀୟମଙ୍କ ସଙ୍ଗରେ ଦେଖିଲେ ଓ ତାହାଙ୍କୁ ଭୂମିଷ୍ଠ ପ୍ରଣାମ କଲେ, ପୁଣି ଆପଣା ଆପଣା ପେଡ଼ି ଫିଟାଇ ସୁନା, କୁନ୍ଦୁରୁ ଓ ଗନ୍ଧରସ ତାହାଙ୍କୁ ଦର୍ଶନୀ ଦେଲେ। – ମାଥିଉ 2:10-11

***ଯୀଶୁଙ୍କୁ ଇମ୍ମାନୁୟେଲ ମଧ୍ୟ କୁହାଯାଏ, ଯାହାର ଅର୍ଥ ହେଉଛି "ଆମ୍ଭମାନଙ୍କ ସହିତ ଈଶ୍ୱର" ।***



## ଯୀଶୁ ଖ୍ରୀଷ୍ଟ ପ୍ରକୃତରେ ପରମେଶ୍ୱରଙ୍କ ପୁତ୍ର ଅଟନ୍ତି ।

ଯୀଶୁ ବାପ୍ତିଜିତ ହେଲାକ୍ଷଣି ଜଳରୁ ଉଠି ଆସିଲେ, ଆଉ ଦେଖ, ଆକାଶ ଉନ୍ମୁକ୍ତ ହେଲା, ପୁଣି ସେ ଈଶ୍ୱରଙ୍କ ଆତ୍ମାଙ୍କୁ କପୋତ ପରି ଅବତରଣ କରି ଆପଣା ଉପରକୁ ଆସିବା ଦେଖିଲେ। ଆଉ ଦେଖ, ଆକାଶରୁ ଏହି ବାଣୀ ହେଲା, ଏ ଆମ୍ଭର ପ୍ରିୟ ପୁତ୍ର, ଏହାଙ୍କଠାରେ ଆମ୍ଭର ପରମ ସନ୍ତୋଷ । ମାଥିଉ 3:16-17

### *ଯୀଶୁଙ୍କର ଅନ୍ୟ ଏକ ନାମ ହେଉଛି ବାକ୍ୟ ।*

ଆଦ୍ୟରେ ବାକ୍ୟ ଥିଲେ, ବାକ୍ୟ ଈଶ୍ୱରଙ୍କ ସଙ୍ଗରେ ଥିଲେ, ସେହି ବାକ୍ୟ ଈଶ୍ୱର ଥିଲେ। ସେ ଆଦ୍ୟରେ ଈଶ୍ୱରଙ୍କ ସହିତ ଥିଲେ। ତାହାଙ୍କ ଦ୍ୱାରା ସମସ୍ତ ସୃଷ୍ଟ ହେଲା; ଆଉ ଯେସମସ୍ତ ସୃଷ୍ଟ ହୋଇଅଛି, ସେଥିମଧ୍ୟରୁ ଗୋଟିଏ ସୁଦ୍ଧା ତାହାଙ୍କ ବିନା ସୃଷ୍ଟ ହୋଇ ନାହିଁ। ତାହାଙ୍କଠାରେ ଜୀବନ ଥିଲା ଓ ସେହି ଜୀବନ ମନୁଷ୍ୟମାନଙ୍କର ଜ୍ୟୋତିଃ। – ଯୋହନ 1:1-4

ଆଉ, ସେହି ବାକ୍ୟ ଦେହବନ୍ତ; ହେଲେ, ପୁଣି ଅନୁଗ୍ରହ ଓ ସତ୍ୟରେ ପରିପୂର୍ଣ୍ଣ ହୋଇ ଆମ୍ଭମାନଙ୍କ ମଧ୍ୟରେ ବାସ କଲେ, ଆଉ ପିତାଙ୍କଠାରୁ ଆଗତ ଅଦ୍ୱିତୀୟ ପୁତ୍ରଙ୍କ ମହିମା ସଦୃଶ ଆମ୍ଭେମାନେ ତାହାଙ୍କ ମହିମା ଦେଖିଲୁ । ଯୋହନ 1:14

ଈଶ୍ୱର ପୁରାକାଳରେ ବିଭିନ୍ନ ଭାଗରେ ଓ ବିଭିନ୍ନ ପ୍ରକାରେ ଭାବବାଦୀମାନଙ୍କ ଦ୍ୱାରା ପିତୃପୁରୁଷମାନଙ୍କୁ କଥା କହି ଏହି ଶେଷକାଳରେ ପୁତ୍ରଙ୍କ ଦ୍ୱାରା ଆମ୍ଭମାନଙ୍କୁ କଥା କହିଅଛନ୍ତି; ତାହାଙ୍କୁ ସେ ସମସ୍ତ ବିଷୟର ଅଧିକାରୀ କରି ନିଯୁକ୍ତ କଲେ, ତାହାଙ୍କ ଦ୍ୱାରା ମଧ୍ୟ ସମସ୍ତ ବିଶ୍ୱ ସୃଷ୍ଟି କଲେ; – ଏବ୍ରୀ 1:1-2

## *ଯୀଶୁ ହେଉଛନ୍ତି ପରମେଶ୍ୱର - ସେ ମାନବ ରୂପରେ ଆସିଥିଲେ ।*



# ଯୀଶୁ ଶୟତାନର ପ୍ରଲୋଭନକୁ ସମର୍ଥନ କଲେ ନାହିଁ ।

ସେତେବେଳେ ଯୀଶୁ ଶୟତାନ ଦ୍ୱାରା ପରୀକ୍ଷିତ ହେବା ନିମନ୍ତେ ଆତ୍ମାଙ୍କ କର୍ତ୍ତୃକ ପ୍ରାନ୍ତରକୁ ନୀତ ହେଲେ, ପୁଣି ଚାଳିଶ ଦିନ ଓ ଚାଳିଶ ରାତ୍ରି ଉପବାସ କରି ଶେଷରେ କ୍ଷୁଧିତ ହେଲେ। ଆଉ, ପରୀକ୍ଷକ ତାହାଙ୍କ ନିକଟକୁ ଆସି କହିଲା, ତୁମ୍ଭେ ଯେବେ ଈଶ୍ୱରଙ୍କ ପୁତ୍ର, ତେବେ ଏହି ପଥରଗୁଡ଼ାକ ରୋଟୀ ହେବା ପାଇଁ ଆଜ୍ଞା ଦିଅ। କିନ୍ତୁ ସେ ଉତ୍ତର ଦେଲେ, ଲେଖାଅଛି, ମନୁଷ୍ୟ କେବଳ ରୋଟୀରେ ବଞ୍ଚିବ ନାହିଁ, ମାତ୍ର ଈଶ୍ୱରଙ୍କ ମୁଖରୁ ନିର୍ଗତ ପ୍ରତ୍ୟେକ ବାକ୍ୟରେ ବଞ୍ଚିବ। ତହିଁ ଉତ୍ତାରେ ଶୟତାନ ତାହାଙ୍କୁ ପୁଣ୍ୟ ନଗରୀକୁ ଘେନିଯାଇ ମନ୍ଦିରର ଛାତ ଉପରେ ଠିଆ କରାଇ ତାହାଙ୍କୁ କହିଲା, ତୁମ୍ଭେ ଯେବେ ଈଶ୍ୱରଙ୍କ ପୁତ୍ର, ତେବେ ତଳକୁ ଡେଇଁପଡ଼, କାରଣ ଲେଖାଅଛି, ସେ ଆପଣା ଦୂତମାନଙ୍କୁ ତୁମ୍ଭ ବିଷୟରେ ଆଜ୍ଞା ଦେବେ, ଆଉ କାଳେ ତୁମ୍ଭ ପାଦ ପଥରରେ ବାଜିବ, ଏଥିପାଇଁ ସେମାନେ ତୁମ୍ଭକୁ ହସ୍ତରେ ତୋଳି ଧରିବେ। ଯୀଶୁ ତାହାକୁ କହିଲେ, ଆହୁରି ଲେଖାଅଛି, ତୁମ୍ଭେ ପ୍ରଭୁ ଆପଣା ଈଶ୍ୱରଙ୍କୁ ପରୀକ୍ଷା କରିବ ନାହିଁ। ପୁନଶ୍ଚ ଶୟତାନ ତାହାଙ୍କୁ ଗୋଟିଏ ଅତି ଉଚ୍ଚ ପର୍ବତ ଉପରକୁ ଘେନିଯାଇ ଜଗତର ସମସ୍ତ ରାଜ୍ୟ ଓ ସେସବୁର ଐଶ୍ୱର୍ଯ୍ୟ ଦେଖାଇ କହିଲା, ତୁମ୍ଭେ ଯେବେ ଆମ୍ଭକୁ ଭୂମିଷ୍ଠ ପ୍ରଣାମ କରିବ, ତେବେ ଆମ୍ଭେ ଏହିସମସ୍ତ ତୁମ୍ଭକୁ ଦେବା। ତହିଁରେ ଯୀଶୁ ତାହାକୁ କହିଲେ, ଦୂର ହ, ଶୟତାନ, କାରଣ ଲେଖାଅଛି, ତୁମ୍ଭେ ପ୍ରଭୁ ଆପଣା ଈଶ୍ୱରଙ୍କୁ ପ୍ରଣାମ କରିବ, ପୁଣି କେବଳ ତାହାଙ୍କର ଉପାସନା କରିବ। ଏଥିରେ ଶୟତାନ ତାହାଙ୍କୁ ଛାଡ଼ି ଚାଲିଗଲା, ଆଉ ଦେଖ, ଦୂତମାନେ ଆସି ତାହାଙ୍କର ସେବା କରିବାକୁ ଲାଗିଲେ।

– ମାଥିଉ 4:1-11

***ପ୍ରତ୍ୟେକ ପ୍ରଲୋଭନକୁ ଦୂର କରିବା ପାଇଁ ଯୀଶୁ ପରମେଶ୍ୱରଙ୍କ ବାକ୍ୟକୁ ବ୍ୟବହାର କଲେ ।***



## ପରମେଶ୍ୱର ଆମ୍ଭମାନଙ୍କୁ କିପରି ଜୀବନଯାପନ କରିବେ, ଶିଖାଇବାକୁ ତାଙ୍କ ବ୍ୟବସ୍ଥା ଦେଇଛନ୍ତି ।

ଆମ୍ଭ ସାକ୍ଷାତରେ ତୁମ୍ଭର ଆଉ କୌଣସି ଦେବତା ହେବ ନାହିଁ। ତୁମ୍ଭେ ଆପଣା ନିମନ୍ତେ କୌଣସି ଖୋଦିତ ପ୍ରତିମା ନିର୍ମାଣ କରିବ ନାହିଁ; କି ଉପରିସ୍ଥ ସ୍ୱର୍ଗରେ, କି ନୀଚସ୍ଥ ପୃଥିବୀରେ, କି ପୃଥିବୀର ନୀଚସ୍ଥ ଜଳରେ ଥିବା କୌଣସି ବସ୍ତୁର ପ୍ରତିମୂର୍ତ୍ତି ନିର୍ମାଣ କରିବ ନାହିଁ । ତୁମ୍ଭେ ଆପଣା ସଦାପ୍ରଭୁ ପରମେଶ୍ୱରଙ୍କ ନାମ ମିଥ୍ୟାରେ ନେବ ନାହିଁ; ଯେହେତୁ ଯେ କେହି ତାହାଙ୍କର ନାମ ମିଥ୍ୟାରେ ନିଏ, ସଦାପ୍ରଭୁ ତାହାକୁ ନିରପରାଧ ଗଣନା କରିବେ ନାହିଁ। ବିଶ୍ରାମ ଦିନ ପବିତ୍ର ରୂପେ ପାଳିବାକୁ ସ୍ମରଣ କର। ତୁମ୍ଭେ ଆପଣା ପିତା ଓ ଆପଣା ମାତାଙ୍କୁ ସମ୍ଭ୍ରମ କର; ତହିଁରେ ତୁମ୍ଭର ସଦାପ୍ରଭୁ ପରମେଶ୍ୱର ତୁମ୍ଭକୁ ଯେଉଁ ଦେଶ ଦେବେ, ସେହି ଦେଶରେ ତୁମ୍ଭର ଦୀର୍ଘ ପରମାୟୁ ହେବ। ତୁମ୍ଭେ ନରହତ୍ୟା କରିବ ନାହିଁ। ତୁମ୍ଭେ ବ୍ୟଭିଚାର କରିବ ନାହିଁ। ତୁମ୍ଭେ ଚୋରି କରିବ ନାହିଁ। ତୁମ୍ଭେ ଆପଣା ପ୍ରତିବାସୀ ବିରୁଦ୍ଧରେ ମିଥ୍ୟା ସାକ୍ଷ୍ୟ ଦେବ ନାହିଁ। ତୁମ୍ଭେ ଆପଣା ପ୍ରତିବାସୀର ଗୃହକୁ ଲୋଭ କରିବ ନାହିଁ, ତୁମ୍ଭେ ଆପଣା ପ୍ରତିବାସୀର ଭାର୍ଯ୍ୟା, କି ଦାସ, କି ଦାସୀ, କି ତାହାର ଗୋରୁ, କି ଗଧ, କି ତୁମ୍ଭ ପ୍ରତିବାସୀର କୌଣସି ବସ୍ତୁକୁ ଲୋଭ କରିବ ନାହିଁ। – ଯାତ୍ରାପୁସ୍ତକ 20: 3-4,7-8,12-17.

### *ଯୀଶୁ ଆମ୍ଭମାନଙ୍କୁ ଦୁଇଟି ମହାନ ଆଜ୍ଞା ଦେଲେ ।*

ସେ ତାଙ୍କୁ କହିଲେ, ତୁମ୍ଭେ ଆପଣାର ସମସ୍ତ ଅନ୍ତଃକରଣ, ସମସ୍ତ ପ୍ରାଣ ଓ ସମସ୍ତ ମନ ଦେଇ ପ୍ରଭୁ, ଆପଣା ଈଶ୍ୱରଙ୍କୁ ପ୍ରେମ କର। ଏହା ହିଁ ଶ୍ରେଷ୍ଠ ଓ ପ୍ରଥମ ଆଜ୍ଞା। ଦ୍ୱିତୀୟଟି ଏହାର ସଦୃଶ, ତୁମ୍ଭେ ଆପଣା ପ୍ରତିବାସୀକି ଆତ୍ମତୁଲ୍ୟ ପ୍ରେମ କର। – ମାଥିଉ 22: 37-39

### *ଯେତେବେଳେ ଆମ୍ଭେମାନେ ପରମେଶ୍ୱରଙ୍କ ଆଜ୍ଞା ପାଳନ କରୁ ଆମ୍ଭେମାନେ ପରମେଶ୍ୱରଙ୍କ ପ୍ରତି ପ୍ରେମ ଏବଂ ସମସ୍ତ ଲୋକମାନଙ୍କ ପ୍ରତି ପ୍ରେମ ପ୍ରଦର୍ଶନ କରୁ ।*



## ଯୀଶୁ ସାହାଯ୍ୟକାରୀଙ୍କୁ ମନୋନୟନ କରନ୍ତି - "ଆସ, ମୋର ଅନୁସରଣ କର"।

ସେ ଗାଲିଲୀ ସମୁଦ୍ରକୂଳ ଦେଇ ଯାଉଥିବା ସମୟରେ ଶିମୋନ ଓ ତାଙ୍କ ଭାଇ ଆନ୍ଦ୍ରିୟଙ୍କୁ ସମୁଦ୍ରରେ ଭଉଁରିଜାଲ ପକାଉଥିବା ଦେଖିଲେ, କାରଣ ସେମାନେ ମତ୍ସ୍ୟଜୀବୀ ଥିଲେ। ଯୀଶୁ ସେମାନଙ୍କୁ କହିଲେ, ମୋହର ଅନୁଗମନ କର, ମୁଁ ତୁମ୍ଭମାନଙ୍କୁ ମନୁଷ୍ୟ ଧରିବା ଶିଖାଇବି। ସେଥିରେ ସେମାନେ ସେହିକ୍ଷଣି ଜାଲ ଛାଡ଼ି ତାହାଙ୍କର ଅନୁଗମନ କଲେ। ପୁଣି, ସେ ଅଳ୍ପ ଦୂର ଆଗକୁ ଯାଇ ଜେବଦୀଙ୍କ ପୁତ୍ର ଯାକୁବ ଓ ତାଙ୍କ ଭାଇ ଯୋହନଙ୍କୁ ନୌକାରେ ଜାଲ ସଜାଡୁଥିବା ଦେଖିଲେ। ସେହିକ୍ଷଣି ସେ ସେମାନଙ୍କୁ ଡାକିଲେ, ପୁଣି ସେମାନେ ସେମାନଙ୍କର ପିତା ଜେବଦୀଙ୍କି ମୂଲିଆମାନଙ୍କ ସହିତ ନୌକାରେ ଛାଡ଼ି ତାହାଙ୍କର ଅନୁଗମନ କଲେ।
– ମାର୍କ 1:16-20

ଯୀଶୁ ପର୍ବତ ଉପରକୁ ଯାଇ, ଯେଉଁମାନଙ୍କୁ ଇଚ୍ଛା କଲେ, ସେମାନଙ୍କୁ ନିକଟକୁ ଡାକିଲେ ଓ ସେମାନେ ତାହାଙ୍କ ପାଖକୁ ଆସିଲେ। ପୁଣି, ସେ ଦ୍ୱାଦଶ ଜଣଙ୍କୁ ନିଯୁକ୍ତ କଲେ, ଯେପରି ସେମାନେ ତାହାଙ୍କ ସାଙ୍ଗରେ ରହିବେ ଓ ସେ ସେମାନଙ୍କୁ ପ୍ରଚାର କରିବା ନିମନ୍ତେ ପ୍ରେରଣ କରିବେ, – ମାର୍କ 3:13-14

କିନ୍ତୁ ଯୀଶୁ ସେମାନଙ୍କୁ ଆପଣା ପାଖକୁ ଡାକି କହିଲେ, ଶିଶୁମାନଙ୍କୁ ମୋ' ନିକଟକୁ ଆସିବାକୁ ଦିଅ, ଆଉ ସେମାନଙ୍କୁ ମନା କର ନାହିଁ; କାରଣ ଈଶ୍ୱରଙ୍କ ରାଜ୍ୟ ଏହିପ୍ରକାର ଲୋକମାନଙ୍କର। - ଲୂକ 18:16

***ଆଜି, ଯୀଶୁ ଆମ୍ଭମାନଙ୍କୁ ଆହ୍ୱାନ କରନ୍ତି, "ଆସ, ମୋର ଅନୁସରଣ କର"।***



## ଯୀଶୁଙ୍କ ସର୍ବଶ୍ରେଷ୍ଠ ଉପଦେଶଗୁଡ଼ିକ ମଧ୍ୟରୁ ଅନ୍ୟତମ ।

ଆତ୍ମାରେ ଦୀନହୀନ ଲୋକେ ଧନ୍ୟ, କାରଣ ସ୍ୱର୍ଗରାଜ୍ୟ ସେମାନଙ୍କର। ଶୋକାର୍ତ୍ତ ଲୋକେ ଧନ୍ୟ, କାରଣ ସେମାନେ ସାନ୍ତ୍ୱନାପ୍ରାପ୍ତ ହେବେ। ନମ୍ର ଲୋକେ ଧନ୍ୟ, କାରଣ ସେମାନେ ପୃଥିବୀର ଅଧିକାରୀ ହେବେ। ଧାର୍ମିକତା ନିମନ୍ତେ କ୍ଷୁଧିତ ଓ ତୃଷିତ ଲୋକେ ଧନ୍ୟ, କାରଣ ସେମାନେ ପରିତୃପ୍ତ ହେବେ। ଦୟାଳୁ ଲୋକେ ଧନ୍ୟ, କାରଣ ସେମାନେ ଦୟାପ୍ରାପ୍ତ ହେବେ। ଶୁଦ୍ଧଚିତ୍ତ ଲୋକେ ଧନ୍ୟ, କାରଣ ସେମାନେ ଈଶ୍ୱରଙ୍କ ଦର୍ଶନ ପାଇବେ। ଶାନ୍ତିକାରକ ଲୋକେ ଧନ୍ୟ, କାରଣ ସେମାନେ ଈଶ୍ୱରଙ୍କ ସନ୍ତାନ ବୋଲି ଖ୍ୟାତ ହେବେ। ଧାର୍ମିକତା ନିମନ୍ତେ ତାଡ଼ନାପ୍ରାପ୍ତ ଲୋକେ ଧନ୍ୟ, କାରଣ ସ୍ୱର୍ଗରାଜ୍ୟ ସେମାନଙ୍କର। ଲୋକେ ଯେବେ ତୁମ୍ଭମାନଙ୍କୁ ମୋ' ସକାଶେ ନିନ୍ଦା ଓ ତାଡ଼ନା କରନ୍ତି, ପୁଣି ମିଥ୍ୟାରେ ତୁମ୍ଭମାନଙ୍କ ବିରୁଦ୍ଧରେ ସମସ୍ତ ପ୍ରକାର ମନ୍ଦ କଥା କହନ୍ତି, ତେବେ ତୁମ୍ଭେମାନେ ଧନ୍ୟ। ଆନନ୍ଦ କର ଓ ଉଲ୍ଲସିତ ହୁଅ, କାରଣ ସ୍ୱର୍ଗରେ ତୁମ୍ଭମାନଙ୍କର ପୁରସ୍କାର ପ୍ରଚୁର; ସେହିପରି ତ ସେମାନେ ତୁମ୍ଭମାନଙ୍କ ପୂର୍ବବର୍ତ୍ତୀ ଭାବବାଦୀମାନଙ୍କୁ ତାଡ଼ନା କରିଥିଲେ।

– ମାଥିଉ 5:3-12

## *ଯୀଶୁ ମଧ୍ୟ କିପରି ପ୍ରାର୍ଥନା କରିବାକୁ ଶିଖାଇଲେ ।*

ଅତଏବ, ତୁମ୍ଭେମାନେ ଏହି ପ୍ରକାରେ ପ୍ରାର୍ଥନା କର, ହେ ଆମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା, ତୁମ୍ଭ ନାମ ପବିତ୍ର ବୋଲି ମାନ୍ୟ ହେଉ। ତୁମ୍ଭର ରାଜ୍ୟ ଆସୁ। ଯେପରି ସ୍ୱର୍ଗରେ, ସେପରି ପୃଥିବୀରେ ତୁମ୍ଭର ଇଚ୍ଛା ସଫଳ ହେଉ। ଆଜି ଆମ୍ଭମାନଙ୍କୁ ପ୍ରୟୋଜନୀୟ ଆହାର ଦିଅ। ଆମ୍ଭେମାନେ ଯେପରି ଆପଣା ଆପଣା ଅପରାଧୀମାନଙ୍କୁ କ୍ଷମା କରିଅଛୁ, ସେପରି ଆମ୍ଭମାନଙ୍କର ଅପରାଧସବୁ କ୍ଷମା କର। ପରୀକ୍ଷାରେ ଆମ୍ଭମାନଙ୍କୁ ଆଣ ନାହିଁ, ମାତ୍ର ମନ୍ଦରୁ ରକ୍ଷା କର। [ଯେଣୁ ରାଜ୍ୟ, ପରାକ୍ରମ ଓ ଗୌରବ ଯୁଗେ ଯୁଗେ ତୁମ୍ଭର। ଆମେନ୍ । କାରଣ ଯେବେ ଲୋକମାନଙ୍କର ଅପରାଧସବୁ କ୍ଷମା କର, ତେବେ ତୁମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା ତୁମ୍ଭମାନଙ୍କୁ ମଧ୍ୟ କ୍ଷମା କରିବେ; କିନ୍ତୁ ଯେବେ ଲୋକମାନଙ୍କୁ କ୍ଷମା ନ କର, ତେବେ ତୁମ୍ଭମାନଙ୍କ ପିତା ମଧ୍ୟ ତୁମ୍ଭମାନଙ୍କ ଅପରାଧସବୁ କ୍ଷମା କରିବେ ନାହିଁ। - ମାଥିଉ 6: 9-15



# କେତେକ ଆଶ୍ଚର୍ଯ୍ୟ କାର୍ଯ୍ୟ ଯୀଶୁ ଜଗତରେ ଥିବା ସମୟରେ କଲେ ।

### *ଯୀଶୁ କୁଷ୍ଠରୋଗୀକୁ ସୁସ୍ଥ କଲେ ।*

ଆଉ ଦେଖ, ଜଣେ କୁଷ୍ଠୀ ତାହାଙ୍କ ନିକଟକୁ ଆସି ପ୍ରଣାମ କରି କହିଲା, ହେ ପ୍ରଭୁ, ଆପଣ ଯଦି ଇଚ୍ଛା କରନ୍ତି, ତାହାହେଲେ ମୋତେ ଶୁଚି କରି ପାରନ୍ତି। ସେଥିରେ ସେ ହାତ ବଢ଼ାଇ ତାହାକୁ ଛୁଇଁ କହିଲେ, ମୁଁ ଇଚ୍ଛା କରୁଅଛି, ଶୁଚି ହୁଅ। ସେହିକ୍ଷଣି ସେ ଆପଣା କୁଷ୍ଠରୋଗରୁ ଶୁଚି ହେଲା। - ମାଥିଉ 8:2-3

### *ଯୀଶୁ ଝଡ଼କୁ ସ୍ଥିର କଲେ ।*

ପୁଣି ଦେଖ, ସମୁଦ୍ରରେ ଏପରି ପ୍ରବଳ ଝଡ଼ ହେଲା ଯେ, ତରଙ୍ଗରେ ନୌକାଟି ଆଚ୍ଛାଦିତ ହେବାକୁ ଲାଗିଲା, ମାତ୍ର ସେ ଶୟନ କରିଥିଲେ। ଆଉ, ସେମାନେ ନିକଟକୁ ଆସି ତାହାଙ୍କୁ ଉଠାଇ କହିଲେ, ହେ ପ୍ରଭୁ, ରକ୍ଷା କରନ୍ତୁ, ଆମେ ମଲୁ। ସେ ସେମାନଙ୍କୁ କହିଲେ, ହେ ଅଳ୍ପବିଶ୍ୱାସୀମାନେ, ତୁମ୍ଭେମାନେ କାହିଁକି ଏଡ଼େ ଭୀରୁ? ସେତେବେଳେ ସେ ଉଠି ପବନ ଓ ସମୁଦ୍ରକୁ ଧମକ ଦେଲେ, ଆଉ ସବୁ ଧୀରସ୍ଥିର ହେଲା। - ମାଥିଉ 8:24-26

### *ଯୀଶୁ ଲୋକସମୂହଙ୍କୁ ଖାଇବାକୁ ଦେଲେ ।*

ତାହା ପାଖରେ ଯବର ପାଞ୍ଚୋଟି ରୋଟୀ ଓ ଦୁଇଟି ଭଜା ମାଛ ଅଛି, କିନ୍ତୁ ଏତେ ଲୋକଙ୍କ ପାଇଁ ତାହା କଅଣ ହେବ? ଯୀଶୁ କହିଲେ, ଲୋକମାନଙ୍କୁ ବସାଅ। ସେ ସ୍ଥାନରେ ବହୁତ ଘାସ ଥିଲା। ତେଣୁ ସଂଖ୍ୟାରେ ପ୍ରାୟ ପାଞ୍ଚ ହଜାର ପୁରୁଷ ବସିଲେ। ସେଥିରେ ଯୀଶୁ ସେହି ରୋଟୀ ଘେନି ଧନ୍ୟବାଦ ଦେଇ ବସିଥିବା ଲୋକମାନଙ୍କୁ ତାହା ବାଣ୍ଟିଦେଲେ, ସେହି ପ୍ରକାରେ ମାଛ ମଧ୍ୟ ବାଣ୍ଟିଦେଲେ, ସେମାନେ ଯେତେ ଚାହିଁଲେ, ସେତେ ଦେଲେ। ଆଉ, ସେମାନେ ପରିତୃପ୍ତ ହୁଅନ୍ତେ, ସେ ଆପଣା ଶିଷ୍ୟମାନଙ୍କୁ କହିଲେ, ଯେପରି କିଛି ନଷ୍ଟ ନ ହୁଏ, ଏଥିନିମନ୍ତେ ବଳିଥିବା ଭଙ୍ଗା ଖଣ୍ଡଗୁଡ଼ିକ ଏକାଠି କର। – ଯୋହନ 6:9-12

***ଯେତେବେଳେ ତାଙ୍କ ଶିଷ୍ୟମାନେ ଯୀଶୁଙ୍କ ଆଶ୍ଚର୍ଯ୍ୟକାର୍ଯ୍ୟଗୁଡିକ ଦେଖିଲେ, ସେମାନେ ବିଶ୍ୱାସ କଲେ ଯେ ସେ ପରମେଶ୍ୱରଙ୍କ ପୁତ୍ର ଥିଲେ ।***



## ଯୀଶୁ ଖ୍ରୀଷ୍ଟଙ୍କର ପାପ ଉପରେ ଶକ୍ତି ରହିଅଛି ।

***ଯୀଶୁ ପକ୍ଷାଘାତର ପାପଗୁଡ଼ିକୁ କ୍ଷମା କରନ୍ତି ଆଉ ତା'ପରେ ତାହାକୁ ସୁସ୍ଥ କରନ୍ତି ।***

ଇତିମଧ୍ୟରେ ଲୋକେ ଜଣେ ପକ୍ଷାଘାତ ରୋଗୀକି ଚାରି ଜଣଙ୍କ ଦ୍ୱାରା ବୁହାଇ ତାହାଙ୍କ ନିକଟକୁ ଘେନିଆସିଲେ, କିନ୍ତୁ ଭିଡ଼ ହେତୁ ତାହାଙ୍କ ପାଖକୁ ଆଣି ନ ପାରିବାରୁ, ସେ ଯେଉଁ ସ୍ଥାନରେ ଥିଲେ, ସେହି ସ୍ଥାନର ଛାତ ଖୋଲି କାଢ଼ିପକାଇଲେ, ଆଉ ତାହା ଭାଙ୍ଗି, ଯେଉଁ ଖଟିଆରେ ପକ୍ଷାଘାତ ରୋଗୀଟି ଶୋଇଥିଲା, ତାହା ଓହ୍ଲାଇ ଦେଲେ। ଯୀଶୁ ସେମାନଙ୍କର ବିଶ୍ୱାସ ଦେଖି ସେହି ପକ୍ଷାଘାତ ରୋଗୀକି କହିଲେ, ବତ୍ସ, ତୁମ୍ଭର ପାପସବୁ କ୍ଷମା କରାଗଲା। କିନ୍ତୁ ଶାସ୍ତ୍ରୀମାନଙ୍କ ମଧ୍ୟରୁ କେତେକ ସେ ସ୍ଥାନରେ ବସି ଆପଣା ଆପଣା ମନରେ ଏହା ତର୍କବିତର୍କ କରୁଥିଲେ, ଏ ଲୋକ କାହିଁକି ଏପରି କହୁଅଛି? ସେ ଈଶ୍ୱରନିନ୍ଦା କରୁଅଛି; କେବଳ ଜଣଙ୍କ ବିନା, ଅର୍ଥାତ୍ ଈଶ୍ୱରଙ୍କ ବିନା ଆଉ କିଏ ପାପ କ୍ଷମା କରି ପାରେ? ସେମାନେ ଯେ ମନେ ମନେ ଏପରି ତର୍କବିତର୍କ କରୁଅଛନ୍ତି, ତାହା ଯୀଶୁ ନିଜ ଆତ୍ମାରେ ସେହିକ୍ଷଣି ଜ୍ଞାତ ହୋଇ ସେମାନଙ୍କୁ କହିଲେ, ତୁମ୍ଭେମାନେ ଆପଣା ଆପଣା ମନରେ କାହିଁକି ଏହିସମସ୍ତ ତର୍କବିତର୍କ କରୁଅଛ? କଅଣ ସହଜ? ପକ୍ଷାଘାତ ରୋଗୀକି ତୁମ୍ଭର ପାପସବୁ କ୍ଷମା କରାଗଲା ବୋଲି କହିବା, କିଅବା, ଉଠ, ତୁମ୍ଭର ଖଟିଆ ଘେନି ଚାଲ ବୋଲି କହିବା? କିନ୍ତୁ ପୃଥିବୀରେ ପାପ କ୍ଷମା କରିବାକୁ ମନୁଷ୍ୟପୁତ୍ରଙ୍କର ଯେ ଅଧିକାର ଅଛି, ଏହା ଯେପରି ତୁମ୍ଭେମାନେ ଜାଣିପାର- ଏଥିପାଇଁ ସେ ପକ୍ଷାଘାତ ରୋଗୀକି କହିଲେ, ମୁଁ ତୁମ୍ଭକୁ କହୁଅଛି, ଉଠ, ନିଜ ଖଟିଆ ଘେନି ଆପଣା ଘରକୁ ଚାଲିଯାଅ। ସେଥିରେ ସେ ଉଠି ତତ୍କ୍ଷଣାତ୍ ଖଟିଆ ଘେନି ସମସ୍ତଙ୍କ ସାକ୍ଷାତରେ ବାହାରିଗଲା; ତହିଁରେ ସମସ୍ତେ ଆଚମ୍ବିତ ହୋଇ ଈଶ୍ୱରଙ୍କ ମହିମା କୀର୍ତ୍ତନ କରୁ କରୁ କହିଲେ, ଆମ୍ଭେମାନେ ଏପରି କେବେ ହେଁ ଦେଖି ନ ଥିଲୁ। – ମାର୍କ 2:3-12



## ଯୀଶୁ ଖ୍ରୀଷ୍ଟଙ୍କର ମୃତ୍ୟୁ ଉପରେ ଶକ୍ତି ରହିଅଛି ।

### *ଯୀଶୁ ଲାଜାରଙ୍କୁ ମୃତ୍ୟୁରୁ ଉଠାଇଲେ ।*

ଯୀଶୁ କହିଲେ, ଏହି ପଥର ଘୁଞ୍ଚାଇଦିଅ। ମୃତ ବ୍ୟକ୍ତିଙ୍କ ଭଗ୍ନୀ ମାର୍ଥା ତାହାଙ୍କୁ କହିଲେ, ପ୍ରଭୋ, ସେ ବାସିଗଲାଣି, କାରଣ ସେ ଚାରି ଦିନ ହେଲା ମଲାଣି। ଯୀଶୁ ତାଙ୍କୁ କହିଲେ, ଯଦି ତୁମ୍ଭେ ବିଶ୍ୱାସ କର, ତାହାହେଲେ ଈଶ୍ୱରଙ୍କ ମହିମା ଦେଖିବ, ଏହା କଅଣ ମୁଁ ତୁମ୍ଭକୁ କହିଲି ନାହିଁ? ସେଥିରେ ସେମାନେ ପଥର ଘୁଞ୍ଚାଇଦେଲେ। ଆଉ, ଯୀଶୁ ଊର୍ଦ୍ଧ୍ୱଦୃଷ୍ଟି କରି କହିଲେ, ପିତଃ, ତୁମ୍ଭେ ମୋହର ପ୍ରାର୍ଥନା ଶୁଣିଲ ବୋଲି ମୁଁ ତୁମ୍ଭକୁ ଧନ୍ୟବାଦ ଦେଉଅଛି। ତୁମ୍ଭେ ଯେ ସର୍ବଦା ମୋହର ପ୍ରାର୍ଥନା ଶୁଣିଥାଅ, ଏହା ମୁଁ ଜାଣିଥିଲି; କିନ୍ତୁ ଯେଉଁ ଲୋକସମୂହ ଚତୁର୍ଦ୍ଦିଗରେ ଠିଆ ହୋଇଅଛନ୍ତି, ତୁମ୍ଭେ ମୋତେ ପ୍ରେରଣ କରିଅଛ ବୋଲି ସେମାନେ ଯେପରି ବିଶ୍ୱାସ କରିବେ, ଏଥିପାଇଁ ସେମାନଙ୍କ ହେତୁ ମୁଁ ଏହା କହିଲି। ସେ ଏହା କହି ଉଚ୍ଚ ସ୍ୱରରେ ଡାକିଲେ, ଲାଜାର, ବାହାରିଆସ। ମୃତ ଲୋକଟି ବାହାରି ଆସିଲେ; ତାଙ୍କ ହାତ ଓ ପାଦ ସମାଧିବସ୍ତ୍ରରେ ବନ୍ଧା ହୋଇଥିଲା, ପୁଣି ତାଙ୍କ ମୁଖରେ ଖଣ୍ଡେ ଗାମୁଛା ଗୁଡ଼ା ହୋଇଥିଲା। ଯୀଶୁ ସେମାନଙ୍କୁ କହିଲେ, ଏହାଙ୍କ ବନ୍ଧନ ଫିଟାଇ ଚାଲିଯିବାକୁ ଦିଅ।

– ଯୋହନ 11:39-44

### *ଯୀଶୁ ଜଣେ ବିଧବାଙ୍କ ପୁତ୍ରକୁ ମୃତ୍ୟୁରୁ ଉଠାଇଲେ ।*

ସେ ନଗରଦ୍ୱାର ନିକଟରେ ଉପସ୍ଥିତ ହୁଅନ୍ତେ, ଦେଖ, ଲୋକେ ଜଣେ ମୃତ ମନୁଷ୍ୟକୁ ବାହାରକୁ ବହି ଆଣୁଥିଲେ, ସେ ଆପଣା ମାତାର ଏକମାତ୍ର ପୁତ୍ର, ପୁଣି ସେହି ସ୍ତ୍ରୀ ବିଧବା; ଆଉ, ନଗରର ବହୁସଂଖ୍ୟକ ଲୋକ ତାହାର ସାଙ୍ଗରେ ଥିଲେ। ଆଉ, ସେ ନିକଟକୁ ଯାଇ କୋକେଇ ଛୁଇଁଲେ, ପୁଣି ବାହକମାନେ ଠିଆ ହୁଅନ୍ତେ, ସେ କହିଲେ, ଯୁବକ, ମୁଁ ତୁମ୍ଭକୁ କହୁଅଛି, ଉଠ। ସେଥିରେ ମୃତ ଲୋକଟି ଉଠି ବସିଲା, ଆଉ କଥା କହିବାକୁ ଲାଗିଲା, ପୁଣି ସେ ତାହାକୁ ତାହାର ମାତାର ହସ୍ତରେ ସମର୍ପଣ କଲେ। –ଲୂକ 7:12,14-15.

**ଯୀଶୁ ତାଙ୍କୁ କହିଲେ, "ମୁଁ ପୁନରୁତ୍ଥାନ ଓ ଜୀବନ" । - ଯୋହନ *11:25***



## ଆମ୍ଭମାନଙ୍କ ପାପରୁ ଆମ୍ଭମାନଙ୍କୁ..... ଉଦ୍ଧାର କରିବା ପାଇଁ ଯୀଶୁ ନିଜ ଜୀବନ ଦେଲେ ।

କାରଣ ପାପର ବେତନ ମୃତ୍ୟୁ, କିନ୍ତୁ ଈଶ୍ୱରଙ୍କ ଅନୁଗ୍ରହଦାନ ଆମ୍ଭମାନଙ୍କ ପ୍ରଭୁ ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ଅନନ୍ତ ଜୀବନ ଅଟେ। – ରୋମୀୟ 6:23

ସେହି ସାକ୍ଷ୍ୟ ଏହି ଯେ, ଈଶ୍ୱର ଆମ୍ଭମାନଙ୍କୁ ଅନନ୍ତ ଜୀବନ ଦେଇଅଛନ୍ତି, ପୁଣି ସେହି ଜୀବନ ତାହାଙ୍କ ପୁତ୍ରଙ୍କଠାରେ ଅଛି। – 1 ଯୋହନ 5:11

ସେ କୌଣସି ପାପ କଲେ ନାହିଁ, କିଅବା ତାହାଙ୍କ ମୁଖରେ କୌଣସି ଛଳକଥା ନ ଥିଲା। ସେ ନିନ୍ଦା ପାଇବା ସମୟରେ ଫେରି ନିନ୍ଦା କଲେ ନାହିଁ; ଦୁଃଖଭୋଗ କରିବା ସମୟରେ ପ୍ରତିହିଂସା କରିବାକୁ ଭୟ ଦେଖାଇଲେ ନାହିଁ, କିନ୍ତୁ ନ୍ୟାୟବିଚାରକର୍ତ୍ତାଙ୍କ ହସ୍ତରେ ସମସ୍ତ ବିଷୟ ସମର୍ପଣ କଲେ; ଆମ୍ଭେମାନେ ଯେପରି ପାପ ପ୍ରତି ମୃତ ହୋଇ ଧାର୍ମିକତା ନିମନ୍ତେ ଜୀବନ ଯାପନ କରୁ, ଏଥିନିମନ୍ତେ ସେ ଆପେ କ୍ରୁଶ ଉପରେ ନିଜ ଶରୀରରେ ଆମ୍ଭମାନଙ୍କର ସମସ୍ତ ପାପ ବହନ କଲେ; ତାହାଙ୍କ ପ୍ରହାରରେ ତୁମ୍ଭେମାନେ ସୁସ୍ଥ ହୋଇଅଛ। - 1 ପିତର 2:22-24

ମୁଁ ମୋହର ପ୍ରାଣ ଦାନ କରିବାରୁ ପିତା ମୋତେ ପ୍ରେମ କରନ୍ତି, ଆଉ ମୁଁ ମୋହର ପ୍ରାଣ ପୁନର୍ବାର ଗ୍ରହଣ କରିବା ନିମନ୍ତେ ତାହା ଦାନ କରେ। କେହି ମୋ'ଠାରୁ ତାହା ନେଇଯାଇ ନାହିଁ, ମାତ୍ର ମୁଁ ଆପେ ତାହା ଦାନ କରେ। ତାହା ଦାନ କରିବାକୁ ମୋହର ଅଧିକାର ଅଛି ଓ ତାହା ପୁନର୍ବାର ଗ୍ରହଣ କରିବାକୁ ମୋହର ଅଧିକାର ଅଛି। ମୁଁ ମୋହର ପିତାଙ୍କଠାରୁ ଏହି ଆଜ୍ଞା ପାଇଅଛି । – ଯୋହନ 10:17-18

ଯେ ପୁତ୍ରଙ୍କଠାରେ ବିଶ୍ୱାସ କରେ, ସେ ଅନନ୍ତ ଜୀବନ ପ୍ରାପ୍ତ ହୋଇଅଛି, ମାତ୍ର ଯେ ପୁତ୍ରଙ୍କୁ ଅମାନ୍ୟ କରେ, ସେ ଜୀବନ ଦେଖିବ ନାହିଁ, କିନ୍ତୁ ସେ ଈଶ୍ୱରଙ୍କ କ୍ରୋଧର ପାତ୍ର ହୋଇ ରହିଥାଏ। – ଯୋହନ 3:36

ଯୀଶୁ ତାଙ୍କୁ କହିଲେ, ମୁଁ ପଥ, ସତ୍ୟ ଓ ଜୀବନ; ମୋ' ଦେଇ ନ ଗଲେ କେହି ପିତାଙ୍କ ନିକଟକୁ ଯାଏ ନାହିଁ। – ଯୋହନ 14:6

***ଯୀଶୁଙ୍କ କ୍ରୁଶୀୟ ମୃତ୍ୟୁ ଆମ୍ଭମାନଙ୍କୁ ତାହାଙ୍କ ସହିତ ଅନନ୍ତ ଜୀବନ ପ୍ରଦାନ ଲାଗି ପରମେଶ୍ୱରଙ୍କ ଯୋଜନାର ଏକ ଅଂଶ ଥିଲା ।***


IESVS NAZARENVS REX IVDAEORVM

# ଯୀଶୁ ମୃତ୍ୟୁରୁ ଉଠିଲେ ।

ବିଶ୍ରାମବାର ଶେଷ ହେଲା ଉତ୍ତାରେ ସପ୍ତାହର ପ୍ରଥମ ଦିବସର ପ୍ରତ୍ୟୁଷରେ ମଗ୍ଦଲିନୀ ମରୀୟମ ଓ ଅନ୍ୟ ମରୀୟମ ସମାଧି ଦେଖିବାକୁ ଆସିଲେ। ଆଉ ଦେଖ, ମହା ଭୂମିକମ୍ପ ହେଲା, କାରଣ ପ୍ରଭୁଙ୍କର ଜଣେ ଦୂତ ସ୍ୱର୍ଗରୁ ଓହ୍ଲାଇ ଆସି ସେହି ପଥରଖଣ୍ଡିକ ଗଡ଼ାଇଦେଇ ତାହା ଉପରେ ବସିଲେ। – ମାଥିଉ 28:1-2

କିନ୍ତୁ ଦୂତ ସ୍ତ୍ରୀଲୋକମାନଙ୍କୁ ଉତ୍ତର ଦେଲେ, ତୁମ୍ଭେମାନେ ଭୟ କର ନାହିଁ, କାରଣ ତୁମ୍ଭେମାନେ ଯେ କ୍ରୁଶରେ ହତ ଯୀଶୁଙ୍କର ଅନ୍ୱେଷଣ କରୁଅଛ, ତାହା ମୁଁ ଜାଣେ। ସେ ଏଠାରେ ନାହାନ୍ତି, କାରଣ ସେ ଯେପରି କହିଥିଲେ, ସେହିପରି ଉଠିଅଛନ୍ତି। ଆସ, ସେ ଯେଉଁଠାରେ ଶୋଇଥିଲେ, ସେହି ସ୍ଥାନ ଦେଖ। ଆଉ, ତୁମ୍ଭେମାନେ ଶୀଘ୍ର ଯାଇ ତାହାଙ୍କ ଶିଷ୍ୟମାନଙ୍କୁ କୁହ, ସେ ମୃତମାନଙ୍କ ମଧ୍ୟରୁ ଉଠିଅଛନ୍ତି, ପୁଣି ଦେଖ, ସେ ତୁମ୍ଭମାନଙ୍କ ଆଗେ ଗାଲିଲୀକି ଯାଉଅଛନ୍ତି, ସେଠାରେ ତୁମ୍ଭେମାନେ ତାହାଙ୍କର ଦର୍ଶନ ପାଇବ; ଦେଖ, ମୁଁ ତୁମ୍ଭମାନଙ୍କୁ କହିଲି। ଏଥିରେ ସେମାନେ ଭୟ ଓ ମହାନନ୍ଦରେ ସମାଧି ନିକଟରୁ ଶୀଘ୍ର ପ୍ରସ୍ଥାନ କରି ତାହାଙ୍କ ଶିଷ୍ୟମାନଙ୍କୁ ସମ୍ବାଦ ଦେବା ନିମନ୍ତେ ଦୌଡ଼ିଲେ। ଆଉ ଦେଖ, ଯୀଶୁ ସେମାନଙ୍କୁ ସାକ୍ଷାତ୍ କରି କହିଲେ, ତୁମ୍ଭମାନଙ୍କର ମଙ୍ଗଳ ହେଉ। ତହୁଁ ସେମାନେ ନିକଟକୁ ଆସି ତାହାଙ୍କ ପାଦ ଧରି ତାହାଙ୍କୁ ପ୍ରଣାମ କଲେ। ସେଥିରେ ଯୀଶୁ ସେମାନଙ୍କୁ କହିଲେ, ଭୟ କର ନାହିଁ, ତୁମ୍ଭେମାନେ ଯାଇ ମୋହର ଭାଇମାନଙ୍କୁ ଜଣାଅ, ସେମାନେ ଗାଲିଲୀକି ଯାଆନ୍ତୁ; ସେଠାରେ ସେମାନେ ମୋହର ଦର୍ଶନ ପାଇବେ। – ମାଥିଉ 28:5-10.

ଏଥିଉତ୍ତାରେ ଏକାଦଶ ଶିଷ୍ୟ ଭୋଜନରେ ବସିଥିବା ସମୟରେ ସେ ସେମାନଙ୍କୁ ଦର୍ଶନ ଦେଲେ ଏବଂ ସେମାନଙ୍କର ଅବିଶ୍ୱାସ ଓ ହୃଦୟର କଠିନତା ହେତୁ ସେମାନଙ୍କୁ ଅନୁଯୋଗ କଲେ, କାରଣ ଯେଉଁମାନେ ତାହାଙ୍କୁ ପୁନରୁତ୍ଥିତ ଦେଖିଥିଲେ, ସେମାନଙ୍କ କଥା ସେମାନେ ବିଶ୍ୱାସ କରି ନ ଥିଲେ। ମାର୍କ 16:14

**ଯୀଶୁ କହିଲେ, "କାରଣ  ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ "।**

**- ଯୋହନ** 14:19



## ତୁମ୍ଭମାନଙ୍କର ବ୍ୟକ୍ତିଗତ ମୁକ୍ତିଦାତା ଭାବରେ ଯୀଶୁଙ୍କୁ କିପରି ଗ୍ରହଣ କରିବ ?

### *ତୁମ୍ଭମାନଙ୍କର ପାପ ପାଇଁ ପ୍ରକୃତରେ ଦୁଃଖିତ ହୁଅ (ଅନୁତାପ କର)।*

ସମସ୍ତେ ତ ପାପ କରିଅଛନ୍ତି, ପୁଣି ଇଶ୍ୱରଙ୍କ ଗୌରବରହିତ ହୋଇଅଛନ୍ତି,- ରୋମୀୟ 3:23

### *ଯୀଶୁଙ୍କ ନିକଟରେ ତୁମ୍ଭମାନଙ୍କର ପାପସବୁ ସ୍ୱୀକାର କର ।*

ଯଦି ଆମ୍ଭେମାନେ ଆପଣା ଆପଣା ପାପ ସ୍ୱୀକାର କରୁ, ତେବେ ସେ ଆମ୍ଭମାନଙ୍କର ପାପ କ୍ଷମା କରିବାକୁ ଓ ସମସ୍ତ ଅଧର୍ମରୁ ଆମ୍ଭମାନଙ୍କୁ ପରିଷ୍କାର କରିବାକୁ ବିଶ୍ୱସ୍ତ ଓ ନ୍ୟାୟବାନ ଅଟନ୍ତି। – 1 ଯୋହନ 1:9

### *ତୁମ୍ଭମାନଙ୍କର ପାପସବୁ ପରିତ୍ୟାଗ କର ।*

ଯେ ଆପଣା ଅଧର୍ମ ଆଚ୍ଛାଦନ କରେ, ସେ ମଙ୍ଗଳ ପାଏ ନାହିଁ; ମାତ୍ର ଯେଉଁ ଲୋକ ତାହା ସ୍ୱୀକାର କରି ଛାଡ଼େ, ସେ ଦୟା ପାଇବ। – ହିତୋପଦେଶ 28:13

### *ତୁମ୍ଭମାନଙ୍କର ତ୍ରାଣକର୍ତ୍ତା ଭାବରେ ଯୀଶୁ ଖ୍ରୀଷ୍ଟଙ୍କ ଉପରେ ବିଶ୍ୱାସ କର ।*

ସେମାନେ କହିଲେ, ପ୍ରଭୁ ଯୀଶୁଙ୍କଠାରେ ବିଶ୍ୱାସ କର, ତାହାହେଲେ ତୁମ୍ଭେ ସପରିବାରରେ ପରିତ୍ରାଣ ପାଇବ। – ପ୍ରେରିତ 16:31

### *ତୁମ୍ଭମାନଙ୍କ ହୃଦୟରେ ଯୀଶୁଙ୍କୁ ଗ୍ରହଣ କର ।*

ମାତ୍ର ଯେତେ ଲୋକ ତାହାଙ୍କୁ ଗ୍ରହଣ କଲେ, ଅର୍ଥାତ୍, ଯେଉଁମାନେ ତାହାଙ୍କ ନାମରେ ବିଶ୍ୱାସ କଲେ, ସେସମସ୍ତଙ୍କୁ ସେ ଇଶ୍ୱରଙ୍କ ସନ୍ତାନ ହେବା ନିମନ୍ତେ ଅଧିକାର ଦେଲେ;

– ଯୋହନ 1:12

### *ପ୍ରାର୍ଥନାର ଏକ ନମୁନା ।*

ପ୍ରିୟ ପ୍ରଭୁ ଯୀଶୁ, ମୋର ପାପ ଦୂର କରିବା ପାଇଁ କ୍ରୁଶରେ ମରିବା ଥିବା ହେତୁ ଧନ୍ୟବାଦ । ମୁଁ କରିଥିବା ସମସ୍ତ ମନ୍ଦ କାମ ପାଇଁ ମୁଁ ଦୁଃଖିତ । ମୁଁ ତୁମ୍ଭକୁ ଅନୁରୋଧ କରେ ଦୟାକରି ମୋର ପାପ କ୍ଷମା କର, ମୋ' ହୃଦୟକୁ ଆସ ଏବଂ ମୋ' ହୃଦୟରେ ସର୍ବଦା ଜୀବିତ ରୁହ । ମୋର ହୃଦୟକୁ ସଫା କରିବା ପାଇଁ ମୁଁ ବର୍ତ୍ତମାନ ତୁମ୍ଭ ଉପରେ ବିଶ୍ୱାସ କରୁଅଛି । ମୁଁ ତୁମ୍ଭକୁ ମୋର ନିଜର ପ୍ରଭୁ ଏବଂ ତ୍ରାଣକର୍ତ୍ତା ହେବାକୁ ଗ୍ରହଣ କରେ । ମୋତେ ତୁମ୍ଭର ସନ୍ତାନ କରିଥିବାରୁ ଧନ୍ୟବାଦ । ତୁମ୍ଭ ନାମରେ ମୁଁ ପ୍ରାର୍ଥନା କରେ, ଆମେନ୍ ।



## ଯୀଶୁଙ୍କୁ ବିଶ୍ୱାସନୀୟ ଭାବେ ଅନୁସରଣ କରିବାରେ ସାହାଯ୍ୟ କରିବା ପାଇଁ କିଛି ବିଷୟ ।

### *ପ୍ରତିଦିନ ପରମେଶ୍ୱରଙ୍କ ବାକ୍ୟ, ବାଇବଲ ପଢନ୍ତୁ ।*

ତୁମ୍ଭ ବାକ୍ୟ ମୋ' ଚରଣ ପାଇଁ ପ୍ରଦୀପ ଓ ମୋ' ପଥ ପାଇଁ ଆଲୁଅ ଅଟେ।

– ଗୀତସଂହିତା 119:105

ତୁମ୍ଭ ବାକ୍ୟର ବିକାଶ ଆଲୁଅ ପ୍ରଦାନ କରେ; ତାହା ନିର୍ବୋଧକୁ ବୋଧ ଦିଏ।

- ଗୀତସଂହିତା 119:130

### *ଯେକୌଣସି ସମୟରେ, ଦିନ କିମ୍ବା ରାତିରେ ପ୍ରାର୍ଥନାରେ ପରମେଶ୍ୱରଙ୍କ ସହ କଥାବାର୍ତ୍ତା ହୁଅନ୍ତୁ ।*

ସନ୍ଧ୍ୟା ଓ ପ୍ରଭାତ ଓ ମଧ୍ୟାହ୍ନ କାଳରେ ମୁଁ ଭାବନା କରି ରୋଦନ କରିବି; ଆଉ, ସେ ମୋ' ରବ ଶୁଣିବେ।

– ଗୀତସଂହିତା 55:17

### *ପ୍ରତିଦିନ ପ୍ରଭୁଙ୍କ ଉପରେ ଭରସା ରଖନ୍ତୁ ।*

ତୁମ୍ଭେ ସର୍ବାନ୍ତଃକରଣ ସହିତ ସଦାପ୍ରଭୁଙ୍କଠାରେ ବିଶ୍ୱାସ କର ଓ ନିଜ ସୁବିବେଚନାରେ ଆଉଜି ପଡ଼ ନାହିଁ। ଆପଣାର ସବୁ ଗତିରେ ତାହାଙ୍କୁ ସ୍ୱୀକାର କର; ତହିଁରେ ସେ ତୁମ୍ଭର ପଥସବୁ ସରଳ କରିବେ।

– ହିତୋପଦେଶ 3:5-6

### *ସମସ୍ତ ଲୋକଙ୍କୁ ପ୍ରେମ ପ୍ରଦର୍ଶନ କରନ୍ତୁ ।*

ଆଉ, ପରସ୍ପର ପ୍ରତି ସଦୟ ହୁଅ, କୋମଳ ହୃଦୟ ହୁଅ, ପୁଣି ଈଶ୍ୱର ଖ୍ରୀଷ୍ଟଙ୍କଠାରେ ତୁମ୍ଭମାନଙ୍କୁ ଯେପରି କ୍ଷମା କଲେ, ସେହିପରି ପରସ୍ପରକୁ କ୍ଷମା କର।

- ଏଫିସୀୟ 4:32

### *ପରମେଶ୍ୱର ତୁମ୍ଭମାନଙ୍କୁ ପ୍ରଦାନ କରିଥିବା ଆଲୋକରେ ଚାଲ ।*

କିନ୍ତୁ ସେ ଯେପରି ଜ୍ୟୋତିର୍ନିବାସୀ, ଆମ୍ଭେମାନେ ଯଦି ସେହିପରି ଜ୍ୟୋତିରେ ଆଚରଣ କରୁ, ତେବେ ଆମ୍ଭମାନଙ୍କର ପରସ୍ପର ସହଭାଗିତା ଅଛି, ପୁଣି ତାହାଙ୍କ ପୁତ୍ର ଯୀଶୁଙ୍କ ରକ୍ତ ସମସ୍ତ ପାପରୁ ଆମ୍ଭମାନଙ୍କୁ ପରିଷ୍କାର କରେ।

– 1 ଯୋହନ 1:7

ଯୀଶୁ ପୁନର୍ବାର ଲୋକମାନଙ୍କୁ ଶିକ୍ଷା ଦେଇ କହିଲେ, ମୁଁ ଜଗତର ଜ୍ୟୋତିଃ; ଯେ ମୋହର ଅନୁଗମନ କରେ, ସେ କେବେ ହେଁ ଅନ୍ଧକାରରେ ଭ୍ରମଣ କରିବ ନାହିଁ, ବରଂ ଜୀବନର ଜ୍ୟୋତିଃ ପାଇବ। – ଯୋହନ ୫:12



## ପ୍ରାର୍ଥନାରେ ପରମେଶ୍ୱରଙ୍କ ସହିତ କଥାବାର୍ତ୍ତା ହେବା ।

***ଯେଉଁମାନେ ପ୍ରାର୍ଥନା କରନ୍ତି ସେମାନଙ୍କୁ ପରମେଶ୍ୱର ଏକ ପ୍ରତିଜ୍ଞା ଦେଲେ ।***

ପୁଣି ଆମ୍ଭେମାନେ ଯେବେ ତାହାଙ୍କ ଇଚ୍ଛାନୁସାରେ କୌଣସି ପ୍ରାର୍ଥନା କରୁ, ତେବେ ସେ ଆମ୍ଭମାନଙ୍କର ସେହି ପ୍ରାର୍ଥନା ଶୁଣନ୍ତି, ତାହାଙ୍କ ଛାମୁରେ ଆମ୍ଭମାନଙ୍କର ଏହି ସାହସ ଅଛି। ଆଉ ଆମ୍ଭେମାନେ ତାହାଙ୍କ ନିକଟରେ ଯାହା କିଛି ପ୍ରାର୍ଥନା କରୁ, ତାହା ସେ ଶୁଣନ୍ତି ବୋଲି ଯଦି ଆମ୍ଭେମାନେ ଜାଣୁ, ତେବେ ତାହାଙ୍କ ଛାମୁରେ ଯାହା ପ୍ରାର୍ଥନା କରିଅଛୁ, ସେହିସବୁ ଯେ ପାଇଅଛୁ, ଏହା ମଧ୍ୟ ଜାଣୁ।
– ୧ ଯୋହନ 5:14,15

***ଆମ୍ଭେମାନେ ବିଶ୍ୱାସ ଓ ଭରସା ସହିତ ପ୍ରାର୍ଥନା କରିବା ଉଚିତ୍ ।***

ଅତଏବ, ମୁଁ ତୁମ୍ଭମାନଙ୍କୁ କହୁଅଛି, ତୁମ୍ଭେମାନେ ଯାହା ଯାହା ପ୍ରାର୍ଥନା କର ଓ ମାଗ,ସେସବୁ ପାଇଅଛ ବୋଲି ବିଶ୍ୱାସ କର, ସେଥିରେ ସେହିସବୁ ପାଇବ। - ମାର୍କ 11:24

***ଯେତେବେଳେ ଆମ୍ଭେମାନେ ପ୍ରାର୍ଥନା କରୁ, ଆମ୍ଭେମାନେ ମଧ୍ୟ କ୍ଷମା କରିବା ଆବଶ୍ୟକ***

ପୁଣି, ତୁମ୍ଭେମାନେ ଯେକୌଣସି ସମୟରେ ପ୍ରାର୍ଥନା କରିବାକୁ ଠିଆ ହୁଅ, ଯଦି କାହାରି ବିରୁଦ୍ଧରେ ତୁମ୍ଭମାନଙ୍କର କିଛି କଥା ଥାଏ, ତାହାହେଲେ କ୍ଷମା କର, ଯେପରି ତୁମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା ମଧ୍ୟ ତୁମ୍ଭମାନଙ୍କର ଅପରାଧସବୁ କ୍ଷମା କରିବେ। କିନ୍ତୁ ତୁମ୍ଭେମାନେ ଯେବେ କ୍ଷମା ନ କର, ତେବେ ତୁମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା ମଧ୍ୟ ତୁମ୍ଭମାନଙ୍କ ଅପରାଧସବୁ କ୍ଷମା କରିବେ ନାହିଁ। – ମାର୍କ 11:25,26

***ଅନ୍ୟ ବିଶ୍ୱାସୀମାନଙ୍କ ସହିତ ପ୍ରାର୍ଥନା କରିବା ଉତ୍ତମ ଅଟେ ।***

ପୁନଶ୍ଚ, ମୁଁ ତୁମ୍ଭମାନଙ୍କୁ ସତ୍ୟ କହୁଅଛି, ପୃଥିବୀରେ ତୁମ୍ଭମାନଙ୍କ ମଧ୍ୟରୁ ଦୁଇ ଜଣ ଯେକୌଣସି ବିଷୟରେ ଏକମନା ହୋଇ ଯାହା କିଛି ମାଗିବେ, ତାହା ମୋହର ସ୍ୱର୍ଗସ୍ଥ ପିତାଙ୍କ କର୍ତ୍ତୃକ ସେମାନଙ୍କ ପ୍ରତି ଘଟିବ। କାରଣ ଯେଉଁ ସ୍ଥାନରେ ଦୁଇ କି ତିନି ଜଣ ମୋ' ନାମରେ ଏକତ୍ର ହୁଅନ୍ତି, ସେହି ସ୍ଥାନରେ ମୁଁ ସେମାନଙ୍କ ମଧ୍ୟରେ ଉପସ୍ଥିତ ଅଛି। – ମାଥିଉ 18:19-20

***ପରମେଶ୍ୱରଙ୍କ ଆଜ୍ଞା ମାନିବା ହିଁ ଆମ୍ଭମାନଙ୍କ ପ୍ରାର୍ଥନାର ଉତ୍ତର ଆଣିଥାଏ ।***

ପୁଣି ଆମ୍ଭେମାନେ ଯାହା ଯାହା ମାଗୁ, ସେହିସବୁ ତାହାଙ୍କଠାରୁ ପାଇଥାଉ, କାରଣ ଆମ୍ଭେମାନେ ତାହାଙ୍କର ଆଜ୍ଞା ପାଳନ କରୁ, ପୁଣି ତାହାଙ୍କର ଦୃଷ୍ଟିରେ ଯାହା ସନ୍ତୋଷଜନକ, ତାହା କରିଥାଉ ।
– ୧ ଯୋହନ 3:22

***ପ୍ରାର୍ଥନା ହେଉଛି ପରମେଶ୍ୱରଙ୍କ ସହିତ ହୃଦୟରୁ ହୃଦୟ ସହ କଥାବାର୍ତ୍ତା କରିବା ଏବଂ ପରମେଶ୍ୱରଙ୍କୁ ମଧ୍ୟ ଆମ୍ଭମାନଙ୍କ ହୃଦୟ ସହିତ କଥା ହେବାକୁ ଅନୁମତି ଦେବା ।***



## ପରମେଶ୍ୱରଙ୍କ ଆତ୍ମା ତାଙ୍କର ସେବା ନିମନ୍ତେ ବ୍ୟବହୃତ ହେବା ନିମନ୍ତେ ଆମ୍ଭମାନଙ୍କୁ ଅନେକ ଆତ୍ମିକ ଦାନ ଦେଇଅଛନ୍ତି ।

ଅନୁଗ୍ରହଦାନ ବିଭିନ୍ନ ପ୍ରକାର, କିନ୍ତୁ ଆତ୍ମା ଏକ; ସେବା ବିଭିନ୍ନ ପ୍ରକାର, ଆଉ, ପ୍ରଭୁ ଏକ; – ୧ କରିନ୍ଥୀୟ 12:4-5

ସେ କାହାକାହାକୁ ପ୍ରେରିତ, କାହାକାହାକୁ ଭାବବାଦୀ, କାହାକାହାକୁ ସୁସମାଚାର ପ୍ରଚାରକ, ପୁଣି କାହାକାହାକୁ ପାଳକ ଓ ଶିକ୍ଷକ ରୂପେ ନିଯୁକ୍ତ କରି ଦାନ କରିଅଛନ୍ତି; ଯେପରି ସାଧୁମାନେ ସେବାକାର୍ଯ୍ୟ ନିମନ୍ତେ ସିଦ୍ଧି ଲାଭ କରନ୍ତି ଓ ଖ୍ରୀଷ୍ଟଙ୍କ ଶରୀର ନିଷ୍ଠା ପ୍ରାପ୍ତ ହୁଏ, - **ଏଫିସୀୟ** 4: 11,12

କାରଣ ଯେପରି ଏକ ଶରୀରରେ ଆମ୍ଭମାନଙ୍କର ଅନେକ ଅଙ୍ଗପ୍ରତ୍ୟଙ୍ଗ ଅଛି, କିନ୍ତୁ ସମସ୍ତ ଅଙ୍ଗପ୍ରତ୍ୟଙ୍ଗର କାର୍ଯ୍ୟ ଏକପ୍ରକାର ନୁହେଁ, ସେହିପରି ଅନେକ ଯେ ଆମ୍ଭେମାନେ, ଆମ୍ଭେମାନେ ଖ୍ରୀଷ୍ଟଙ୍କଠାରେ ଏକ ଶରୀର ଓ ପ୍ରତ୍ୟେକେ ପରସ୍ପର ଅଙ୍ଗପ୍ରତ୍ୟଙ୍ଗ l ଆଉ, ଆମ୍ଭମାନଙ୍କୁ ପ୍ରଦତ୍ତ ଅନୁଗ୍ରହ ଅନୁସାରେ ଆମ୍ଭେମାନେ ବିଭିନ୍ନ ଦାନ ପାଇଅଛୁ; ଏଣୁ ସେହି ଦାନ ଯଦି ଭାବବାଣୀ ହୁଏ, ଆସ, ଆମ୍ଭେମାନେ ବିଶ୍ୱାସର ପରିମାଣ ଅନୁସାରେ ଭାବବାଣୀ କହୁ; କିମ୍ବା ତାହା ଯଦି ସେବକ କର୍ମ ହୁଏ, ତାହାହେଲେ ଆସ, ଆମ୍ଭମାନଙ୍କ ସେବକ କର୍ମରେ ନିବିଷ୍ଟ ରହୁ; ଅବା ଯେ ଶିକ୍ଷା ଦିଏ, ସେ ଶିକ୍ଷାଦାନରେ, ବା ଯେ ଉପଦେଶ ଦିଏ, ସେ ଉପଦେଶ ଦାନରେ ନିବିଷ୍ଟ ରହୁ; ଯେ ଦାନ କରେ, ସେ ଉଦାର ଭାବରେ ଦାନ କରୁ; ଯେ ତତ୍ତ୍ୱାବଧାନ କରେ, ସେ ଯତ୍ନ ସହକାରେ ତତ୍ତ୍ୱାବଧାନ କରୁ; ଯେ ଦୟା କରେ, ସେ ହୃଷ୍ଟଚିତ୍ତରେ ତାହା କରୁ l – ରୋମୀୟ 12:4-8

ତୁମ୍ଭେମାନେ ଯାହା କିଛି କର, ପ୍ରଭୁଙ୍କ ନିମନ୍ତେ କଲା ପରି ଅନ୍ତର ସହ ତାହା କର, ମନୁଷ୍ୟ ନିମନ୍ତେ କଲା ପରି କର ନାହିଁ; ପ୍ରଭୁଙ୍କଠାରୁ ଉତ୍ତରାଧିକାରରୂପ ପୁରସ୍କାର ଯେ ପାଇବ, ଏହା ତ ତୁମ୍ଭେମାନେ ଜାଣ। ତୁମ୍ଭେମାନେ ପ୍ରଭୁ ଖ୍ରୀଷ୍ଟଙ୍କର ସେବା କର, – **କଲସୀୟ** 3:23-24

## କେବଳ ସମସ୍ତ ବିଶ୍ୱାସୀମାନଙ୍କୁ ସମାନ ଦାନ ଦିଅନ୍ତି ନାହିଁ, କିନ୍ତୁ ପରମେଶ୍ୱର ପ୍ରତ୍ୟେକ ବିଶ୍ୱାସୀମାନଙ୍କୁ ଏକ ଏକ ଦାନ ଦିଅନ୍ତି ।



## ପ୍ରେମ ହିଁ ହେଉଛି ସବୁଠାରୁ ବଡ ଉପହାର ।

ପୁଣି ଆମ୍ଭମାନଙ୍କ ପ୍ରତି ଈଶ୍ୱରଙ୍କର ଯେଉଁ ପ୍ରେମ ଅଛି, ତାହା ଆମ୍ଭେମାନେ ଜାଣିଅଛୁ ଓ ବିଶ୍ୱାସ କରିଅଛୁ। ଈଶ୍ୱର ତ ପ୍ରେମ; ଯେ ପ୍ରେମରେ ରହେ, ସେ ଈଶ୍ୱରଙ୍କଠାରେ ରହେ ଓ ଈଶ୍ୱର ତାହାଠାରେ ରହନ୍ତି। – ୧ ଯୋହନ 4:16

ଆଉ, ଭରସା ଲଜ୍ଜା ଦିଏ ନାହିଁ, କାରଣ ଆମ୍ଭମାନଙ୍କୁ ପ୍ରଦତ୍ତ ପବିତ୍ର ଆତ୍ମାଙ୍କ ଦ୍ୱାରା ଆମ୍ଭମାନଙ୍କ ହୃଦୟରେ ଈଶ୍ୱରଙ୍କ ପ୍ରେମ ପରିବ୍ୟାପ୍ତ ହୋଇଅଛି। - ରୋମୀୟ 5:5

ମୁଁ ଯେପରି ତୁମ୍ଭମାନଙ୍କୁ ପ୍ରେମ କରିଅଛି, ତୁମ୍ଭେମାନେ ସେହିପରି ପରସ୍ପରକୁ ପ୍ରେମ କର, ଏହି ମୋହର ଆଜ୍ଞା। – ଯୋହନ 15:12

## ଯଦି ଆମ୍ଭମାନଙ୍କର ପ୍ରେମ ନ ଥାଏ, ଆମ୍ଭମାନଙ୍କର ଉପହାର କୌଣସି ବିଷୟ ପ୍ରତି ଗଣନା କରେ ନାହିଁ ।

ଯଦି ମୁଁ ମନୁଷ୍ୟମାନଙ୍କ ଓ ଦୂତମାନଙ୍କ ଭାଷାରେ କଥା କହେ, କିନ୍ତୁ ମୋହର ପ୍ରେମ ନ ଥାଏ, ତେବେ ମୁଁ ଶବ୍ଦକାରକ ଘଣ୍ଟା କିମ୍ବା ଝମ୍ ଝମ୍ ଶବ୍ଦକାରୀ କରତାଳ ସ୍ୱରୂପ ହୋଇଅଛି। ଆଉ, ଯଦି ମୋହର ଭାବବାଣୀ କହିବାର ଶକ୍ତି ଥାଏ ଏବଂ ମୁଁ ସମସ୍ତ ନିଗୂଢ଼ ତତ୍ତ୍ୱ ଓ ସମସ୍ତ ଜ୍ଞାନରେ ପାରଦର୍ଶୀ ହୋଇଥାଏ, ପୁଣି ପର୍ବତକୁ ସ୍ଥାନାନ୍ତର କରିବା ନିମନ୍ତେ ମୋହର ସମ୍ପୂର୍ଣ୍ଣ ବିଶ୍ୱାସ ଥାଏ, କିନ୍ତୁ ମୋହର ପ୍ରେମ ନ ଥାଏ, ତେବେ ମୁଁ କିଛି ନୁହେଁ। ପୁଣି, ଯଦି ମୁଁ ଦରିଦ୍ରମାନଙ୍କୁ ଭୋଜନ କରାଇବା ନିମନ୍ତେ ମୋହର ସର୍ବସ୍ୱ ବିତରଣ କରେ, ପୁଣି ଯଦି ମୁଁ ମୋହର ଶରୀରକୁ ଦଗ୍ଧ ହେବା ନିମନ୍ତେ ସମର୍ପଣ କରେ, କିନ୍ତୁ ମୋହର ପ୍ରେମ ନ ଥାଏ, ତେବେ ମୋହର କିଛି ଲାଭ ନାହିଁ। ପ୍ରେମ ଦୀର୍ଘସହିଷ୍ଣୁ, ପ୍ରେମ ହିତଜନକ, ଈର୍ଷା କରେ ନାହିଁ, ଆତ୍ମବଡ଼ିମା କରେ ନାହିଁ, ଅହଙ୍କାର କରେ ନାହିଁ, ଅନୁଚିତ ବ୍ୟବହାର କରେ ନାହିଁ, ସ୍ୱାର୍ଥ ଚେଷ୍ଟା କରେ ନାହିଁ, ବିରକ୍ତ ହୁଏ ନାହିଁ, ଅପକାର ସ୍ମରଣରେ ରଖେ ନାହିଁ, ଅଧର୍ମରେ ଆନନ୍ଦ କରେ ନାହିଁ, କିନ୍ତୁ ସତ୍ୟରେ ଆନନ୍ଦ କରେ; ସମସ୍ତ ସହ୍ୟ କରେ, ସମସ୍ତ ବିଶ୍ୱାସ କରେ, ସମସ୍ତ ଭରସା କରେ, ସମସ୍ତ ବିଷୟରେ ଧୈର୍ଯ୍ୟ ଧରି ରହେ। ପ୍ରେମ କଦାପି ଶେଷ ହୁଏ ନାହିଁ; କିନ୍ତୁ ଯଦି ଭାବବାଣୀ ଥାଏ, ତାହା ଲୋପ ହେବ; ଯଦି ପରଭାଷା ଥାଏ, ସେହିସବୁ ନିବୃତ୍ତ ହେବ;ଯଦି ଜ୍ଞାନ ଥାଏ, ତାହା ଲୋପ ହେବ। –୧ କରିନ୍ଥୀୟ 13:1-8

ଅତଏବ ବିଶ୍ୱାସ, ଭରସା, ପ୍ରେମ, ଏହି ତିନି ସ୍ଥାୟୀ ଅଟେ, ଆଉ ଏମାନଙ୍କ ମଧ୍ୟରେ ପ୍ରେମ ଉତ୍କୃଷ୍ଟ।
- ୧ କରିନ୍ଥୀୟ 13:13



## ଯୀଶୁ ଖ୍ରୀଷ୍ଟଙ୍କୁ ବିଶ୍ୱାସ କଲେ, ତାଡନା ଆସିଲେ ବି ଭୟ କର ନାହିଁ ।

ଯେଉଁସବୁ ଦୁଃଖ ଭୋଗ କରିବାକୁ ଯାଉଅଛ, ସେହିସବୁକୁ ଭୟ କର ନାହିଁ; ଦେଖ, ତୁମ୍ଭମାନଙ୍କ ପରୀକ୍ଷା ନିମନ୍ତେ ଶୟତାନ ତୁମ୍ଭମାନଙ୍କ ମଧ୍ୟରୁ କାହାରିକାହାରିକୁ କାରାଗାରରେ ନିକ୍ଷେପ କରିବ, ଆଉ ତୁମ୍ଭେମାନେ ଦଶ ଦିନ କ୍ଲେଶ ଭୋଗ କରିବ। ତୁମ୍ଭେ ମରଣ ପର୍ଯ୍ୟନ୍ତ ବିଶ୍ୱସ୍ତ ଥାଅ, ସେଥିରେ ଆମ୍ଭେ ତୁମ୍ଭକୁ ଜୀବନରୂପ ମୁକୁଟ ଦେବୁ। - ପ୍ରକାଶିତ ବାକ୍ୟ 2:10

## *ଖ୍ରୀଷ୍ଟ ଆମ୍ଭମାନଙ୍କ ନିମନ୍ତେ ଯନ୍ତ୍ରଣା ଭୋଗିଲେ ।*

ଏଥିନିମନ୍ତେ ହିଁ ତୁମ୍ଭେମାନେ ଆହୂତ ହୋଇଅଛ, କାରଣ ତୁମ୍ଭେମାନେ ଯେପରି ଖ୍ରୀଷ୍ଟଙ୍କର ପଦଚିହ୍ନ ଦେଇ ଗମନ କର, ସେଥିପାଇଁ ସେ ମଧ୍ୟ ତୁମ୍ଭମାନଙ୍କ ନିମନ୍ତେ ଦୁଃଖଭୋଗ କରି ତୁମ୍ଭମାନଙ୍କୁ ଗୋଟିଏ ଆଦର୍ଶ ଦେଖାଇଦେଇ ଯାଇଅଛନ୍ତି; ସେ କୌଣସି ପାପ କଲେ ନାହିଁ, କିଅବା ତାହାଙ୍କ ମୁଖରେ କୌଣସି ଛଳକଥା ନ ଥିଲା। ସେ ନିନ୍ଦା ପାଇବା ସମୟରେ ଫେରି ନିନ୍ଦା କଲେ ନାହିଁ; ଦୁଃଖଭୋଗ କରିବା ସମୟରେ ପ୍ରତିହିଂସା କରିବାକୁ ଭୟ ଦେଖାଇଲେ ନାହିଁ, କିନ୍ତୁ ନ୍ୟାୟବିଚାରକର୍ତ୍ତାଙ୍କ ହସ୍ତରେ ସମସ୍ତ ବିଷୟ ସମର୍ପଣ କଲେ; ଆମ୍ଭେମାନେ ଯେପରି ପାପ ପ୍ରତି ମୃତ ହୋଇ ଧାର୍ମିକତା ନିମନ୍ତେ ଜୀବନ ଯାପନ କରୁ, ଏଥିନିମନ୍ତେ ସେ ଆପେ କ୍ରୁଶ ଉପରେ ନିଜ ଶରୀରରେ ଆମ୍ଭମାନଙ୍କର ସମସ୍ତ ପାପ ବହନ କଲେ; ତାହାଙ୍କ ପ୍ରହାରରେ ତୁମ୍ଭେମାନେ ସୁସ୍ଥ ହୋଇଅଛ। – ୧ ପିତର 2:21-24

## *ଶାସ୍ତ୍ର ପଦଗୁଡ଼ିକୁ ସ୍ମରଣ କରିବାରେ ଆପଣମାନଙ୍କୁ ଶକ୍ତି ଦେବ ।*

ପରମେଶ୍ୱର ଆମ୍ଭମାନଙ୍କର ଆଶ୍ରୟ ଓ ବଳ, ଦୁର୍ଦ୍ଦଶାକାଳରେ ଅତି ନିକଟବର୍ତ୍ତୀ ସହାୟ। ଏଥିପାଇଁ ପୃଥିବୀ ପରିବର୍ତ୍ତିତ ହେଲେ ହେଁ ଓ ପର୍ବତଗଣ ସମୁଦ୍ର ମଧ୍ୟରେ ବିଚଳିତ ହେଲେ ହେଁ; ତହିଁର ଜଳରାଶି ଗର୍ଜ୍ଜନ କରି ପ୍ରବଳ ହେଲେ ହେଁ, ତହିଁର ପ୍ଳାବନରେ ପର୍ବତଗଣ କମ୍ପିତ ହେଲେ ହେଁ ଆମ୍ଭେମାନେ ଭୟ କରିବା ନାହିଁ। – ଗୀତସଂହିତା 46:1-3

ତୁମ୍ଭେମାନେ ଯେପରି ମୋʼଠାରେ ଶାନ୍ତି ପ୍ରାପ୍ତ ହୁଅ, ଏଥିନିମନ୍ତେ ମୁଁ ତୁମ୍ଭମାନଙ୍କୁ ଏହିସବୁ ବିଷୟ କହିଅଛି। ଜଗତରେ ତୁମ୍ଭମାନଙ୍କ ନିମନ୍ତେ କ୍ଲେଶ ଅଛି, କିନ୍ତୁ ସାହସ ଧର; ମୁଁ ଜଗତକୁ ଜୟ କରିଅଛି। - ଯୋହନ 16:33

***ଆଉ ଯାହା ଜଗତକୁ ଜୟ କରିଅଛି, ତାହା ଆମ୍ଭମାନଙ୍କର ବିଶ୍ୱାସ***
***—୧ ଯୋହନ ୫:୪ଖ***



## ଯୀଶୁ, ଉତ୍ତମ ମେଷପାଳକ, ଆମ୍ଭମାନଙ୍କ ସହିତ ସମସ୍ତ ମାର୍ଗରେ ଅଛନ୍ତି ।

ସଦାପ୍ରଭୁ ମୋହର ପ୍ରତିପାଳକ; ମୋହର ଅଭାବ ହେବ ନାହିଁ। ସେ କୋମଳ ତୃଣମୟ ସ୍ଥାନରେ ମୋତେ ଶୟନ କରାନ୍ତି; ସେ ସ୍ଥିର ଜଳ ପାଖେ ପାଖେ ମୋତେ କଢ଼ାଇ ନିଅନ୍ତି। ସେ ମୋ' ପ୍ରାଣକୁ ସୁସ୍ଥ କରନ୍ତି, ସେ ଆପଣା ନାମ ସକାଶୁ ଧର୍ମପଥରେ ମୋତେ କଢ଼ାଇ ନିଅନ୍ତି। ଏଣୁ ମୁଁ ମୃତ୍ୟୁଚ୍ଛାୟାରୂପ ଉପତ୍ୟକା ଦେଇ ଗମନ କଲେ ହେଁ କୌଣସି ଆପଦକୁ ଭୟ କରିବି ନାହିଁ; କାରଣ ତୁମ୍ଭେ ମୋହର ସହବର୍ତ୍ତୀ, ତୁମ୍ଭର ପାଞ୍ଚଣ ଓ ତୁମ୍ଭର ବାଡ଼ି ମୋତେ ସାନ୍ତ୍ୱନା ଦିଅନ୍ତି। ତୁମ୍ଭେ ମୋ' ଶତ୍ରୁଗଣଙ୍କ ସାକ୍ଷାତରେ ମୋ' ସମ୍ମୁଖରେ ମେଜ ସଜାଉଅଛ; ତୁମ୍ଭେ ତୈଳରେ ମୋ' ମସ୍ତକ ସିକ୍ତ କରିଅଛ; ମୋ' ପାନପାତ୍ର ଉଚ୍ଛୁଳି ପଡ଼ୁଅଛି। ନିଶ୍ଚୟ ମଙ୍ଗଳ ଓ ଦୟା ମୋହର ଜୀବନଯାଏ ମୋହର ପଶ୍ଚାଦ୍ଗାମୀ ହେବ; ପୁଣି, ମୁଁ ସର୍ବଦା ସଦାପ୍ରଭୁଙ୍କ ଗୃହରେ ବାସ କରିବି ।

– ଗୀତସଂହିତା 23

ମୋ' ମେଷସବୁ ମୋହର ସ୍ୱର ଶୁଣନ୍ତି ଓ ମୁଁ ସେମାନଙ୍କୁ ଜାଣେ, ଆଉ ସେମାନେ ମୋହର ପଛେ ପଛେ ଚାଲନ୍ତି, ପୁଣି ମୁଁ ସେମାନଙ୍କୁ ଅନନ୍ତ ଜୀବନ ଦିଏ, ଆଉ ସେମାନେ କଦାପି କେବେ ହେଁ ବିନଷ୍ଟ ହେବେ ନାହିଁ, ପୁଣି କେହି ମୋ' ହସ୍ତରୁ ସେମାନଙ୍କୁ ହରଣ କରିବ ନାହିଁ। ମୋହର ପିତା ମୋତେ ଯାହା ଦେଇଅଛନ୍ତି, ତାହା ସବୁଠାରୁ ବହୁମୂଲ୍ୟ, ଆଉ ପିତାଙ୍କ ହସ୍ତରୁ କେହି ତାହା ହରଣ କରି ପାରେ ନାହିଁ।

– ଯୋହନ 10:27-29

ଆଚାରବ୍ୟବହାରରେ ଧନଲୋଭଶୂନ୍ୟ ହୁଅ, ତୁମ୍ଭମାନଙ୍କର ଯାହା କିଛି ଅଛି, ସେଥିରେ ସନ୍ତୁଷ୍ଟ ଥାଅ, କାରଣ ସେ ନିଜେ କହିଅଛନ୍ତି, "ଆମ୍ଭେ ତୁମ୍ଭକୁ କେବେ ହେଁ ଛାଡ଼ିବା ନାହିଁ, ଆମ୍ଭେ ତୁମ୍ଭକୁ କେବେ ହେଁ ପରିତ୍ୟାଗ କରିବା ନାହିଁ"।

– ଏବ୍ରୀ 13:5

ମୁଁ ତୁମ୍ଭମାନଙ୍କୁ ଯେଉଁ ଯେଉଁ ଆଜ୍ଞା ଦେଇଅଛି, ସେହିସବୁ ପାଳନ କରିବାକୁ ଶିକ୍ଷା ଦେଇ ସେମାନଙ୍କୁ ଶିଷ୍ୟ କର; ଆଉ ଦେଖ, ଯୁଗାନ୍ତ ପର୍ଯ୍ୟନ୍ତ ସଦାସର୍ବଦା ମୁଁ ତୁମ୍ଭମାନଙ୍କ ସଙ୍ଗେ ସଙ୍ଗେ ଅଛି।

– ମାଥିଉ 28:20

***ଯେଉଁମାନେ ଯୀଶୁ ଖ୍ରୀଷ୍ଟଙ୍କୁ ଅନୁସରଣ କରନ୍ତି, ସେମାନେ ଚିରଦିନ ତାହାଙ୍କ ସହିତ ରହିବେ ।***



## ପରମେଶ୍ୱର ତାଙ୍କ ବାକ୍ୟ ପଢ଼ି  ତାହା ପାଳନ କରିବାକୁ ଆମକୁ ଶିକ୍ଷା ଦିଅନ୍ତି ।

ସମସ୍ତ ଶାସ୍ତ୍ର ଈଶ୍ୱରନିଶ୍ୱସିତ ଏବଂ ଶିକ୍ଷା, ଅନୁଯୋଗ, ସଂଶୋଧନ ଓ ଧାର୍ମିକତା ସମ୍ବନ୍ଧୀୟ ଶାସନ ନିମନ୍ତେ ଉପକାରୀ, - ୨ ତୀମଥି 3:16

ସତ୍ୟବାକ୍ୟ ଯଥାର୍ଥ ରୂପେ ବ୍ୟବହାର କରି, ଯେଉଁ କାର୍ଯ୍ୟକାରୀର ଲଜ୍ଜା ବୋଧ କରିବା ଆବଶ୍ୟକ ନୁହେଁ, ତାହାର ପରି ଈଶ୍ୱରଙ୍କ ନିକଟରେ ଆପଣାକୁ ପରୀକ୍ଷାସିଦ୍ଧ ଦେଖାଇବାକୁ ଯତ୍ନ କର। - ୨ ତୀମଥି 2:15

ଯେଉଁମାନେ ତାହାଙ୍କ ପ୍ରମାଣ-ବାକ୍ୟସବୁ ପାଳନ କରନ୍ତି, ଯେଉଁମାନେ ସର୍ବାନ୍ତଃକରଣରେ ତାହାଙ୍କୁ ଖୋଜନ୍ତି, ସେମାନେ ଧନ୍ୟ। ସେମାନେ କୌଣସି ଅଧର୍ମ କରନ୍ତି ନାହିଁ; ସେମାନେ ତାହାଙ୍କ ପଥରେ ଗମନ କରନ୍ତି। – **ଗୀତସଂହିତା** 119:2-3

ମୁଁ ଯେପରି ତୁମ୍ଭ ବିରୁଦ୍ଧରେ ପାପ ନ କରେ, ଏଥିପାଇଁ ମୁଁ ଆପଣା ହୃଦୟ ମଧ୍ୟରେ ତୁମ୍ଭର ବାକ୍ୟ ସଞ୍ଚୟ କରି ରଖିଅଛି। – **ଗୀତସଂହିତା** 119: 11

ମୁଁ ତୁମ୍ଭର ବିଧାନସବୁ ଧ୍ୟାନ କରିବି ଓ ତୁମ୍ଭ ପଥ ପ୍ରତି ଦୃଷ୍ଟି ରଖିବି। ମୁଁ ତୁମ୍ଭ ବିଧିସବୁରେ ଆନନ୍ଦ କରିବି; ମୁଁ ତୁମ୍ଭର ବାକ୍ୟ ପାସୋରିବି ନାହିଁ। – **ଗୀତସଂହିତା** 119: 15,16

ତୁମ୍ଭେମାନେ ଏହି ବର୍ତ୍ତମାନ ଯୁଗର ଅନୁରୂପୀ ହୁଅ ନାହିଁ, କିନ୍ତୁ ଯେପରି ତୁମ୍ଭେମାନେ ଈଶ୍ୱରଙ୍କ ଇଚ୍ଛା କଅଣ ଅର୍ଥାତ୍ ଉତ୍ତମ, ସୁଗ୍ରାହ୍ୟ ଓ ସିଦ୍ଧ ବିଷୟ କଅଣ, ଏହା ପରୀକ୍ଷା କରି ଜାଣି ପାର, ଏଥିନିମନ୍ତେ ଆପଣା ଆପଣା ମନର ନୂତନୀକରଣ ଦ୍ୱାରା ପରିବର୍ତ୍ତିତ ହୁଅ।
– ରୋମୀୟ 12:2

କାରଣ ଇଚ୍ଛା କରିବାକୁ ଓ ସାଧନ କରିବାକୁ ଈଶ୍ୱର ଆପଣା ମଙ୍ଗଳମୟ ସଙ୍କଳ୍ପର ସାଫଲ୍ୟ ନିମନ୍ତେ ତୁମ୍ଭମାନଙ୍କ ଅନ୍ତରରେ କାର୍ଯ୍ୟ କରନ୍ତି। - **ଫିଲିପ୍ପୀୟ** 2:13

ତୁମ୍ଭସମସ୍ତଙ୍କ ନିମନ୍ତେ ସର୍ବଦା ମୁଁ ମୋହର ପ୍ରତ୍ୟେକ ପ୍ରାର୍ଥନାରେ ଆନନ୍ଦ ସହ ନିବେଦନ କରୁଅଛି;
- **ଫିଲିପ୍ପୀୟ** 1:5

***ଅତଏବ, ବିଶ୍ୱାସ ଶ୍ରବଣରୁ ଜାତ ହୁଏ ଓ ଶ୍ରବଣ ଖ୍ରୀଷ୍ଟଙ୍କ ବାକ୍ୟ ଦ୍ୱାରା ହୁଏ।***
*- ରୋମୀୟ ୧୦:୧୭*



## ଯୀଶୁ ପୁନର୍ବାର ଆସୁଅଛନ୍ତି । ପ୍ରସ୍ତୁତ ରୁହ !

## *ଯୀଶୁ ପ୍ରତିଜ୍ଞା କଲେ ଯେ ସେ ପୁନର୍ବାର ଆସିବେ ।*

ତୁମ୍ଭମାନଙ୍କ ହୃଦୟ ଉଦବିଗ୍ନ ନ ହେଉ; ତୁମ୍ଭେମାନେ ଈଶ୍ଵରଙ୍କଠାରେ ବିଶ୍ୱାସ କର, ମୋ'ଠାରେ ମଧ୍ୟ ବିଶ୍ୱାସ କର। ମୋହର ପିତାଙ୍କ ଗୃହରେ ଅନେକ ବାସସ୍ଥାନ ଅଛି; ଯଦି ନ ଥାଆନ୍ତା, ତାହାହେଲେ ମୁଁ ତୁମ୍ଭମାନଙ୍କୁ କହିଥାଆନ୍ତି, ମୁଁ ତୁମ୍ଭମାନଙ୍କ ନିମନ୍ତେ ସ୍ଥାନ ପ୍ରସ୍ତୁତ କରିବାକୁ ଯାଉଅଛି; ପୁଣି, ମୁଁ ଯାଇ ତୁମ୍ଭମାନଙ୍କ ନିମନ୍ତେ ସ୍ଥାନ ପ୍ରସ୍ତୁତ କଲେ ପୁନର୍ବାର ଆସିବି, ଆଉ ମୁଁ ଯେଉଁ ସ୍ଥାନରେ ଥାଏ, ତୁମ୍ଭେମାନେ ମଧ୍ୟ ଯେପରି ସେହି ସ୍ଥାନରେ ରହିବ, ସେଥିନିମନ୍ତେ ତୁମ୍ଭମାନଙ୍କୁ ଆପଣା ନିକଟକୁ ଘେନିଯିବି।

– ଯୋହନ 14:1-3

## ପରମେଶ୍ଵରଙ୍କ ବ୍ୟତୀତ ଆଉ କେହି ଜାଣନ୍ତି ନାହିଁ ଯେ ଯୀଶୁ କେବେ ଆସିବେ

କିନ୍ତୁ ସେହି ଦିନ ଓ ଦଣ୍ଡ ବିଷୟ କେହି ଜାଣନ୍ତି ନାହିଁ, ସ୍ୱର୍ଗର ଦୂତମାନେ କିମ୍ବା ପୁତ୍ର ସୁଦ୍ଧା ଜାଣନ୍ତି ନାହିଁ, କେବଳମାତ୍ର ପିତା ଜାଣନ୍ତି। – ମାଥିଉ 24:36

## ଯୀଶୁ ହଠାତ୍ ଆସିବେ ତେଣୁ ଆମ୍ଭମାନଙ୍କୁ ପ୍ରସ୍ତୁତ ହେବା ଆବଶ୍ୟକ ।

କାରଣ ପ୍ରଭୁ ଆପେ ଆଦେଶ ଦେଇ ପ୍ରଧାନ ଦୂତଙ୍କ ସ୍ୱର ଓ ଈଶ୍ଵରଙ୍କ ତୂରୀବାଦ୍ୟ ସହିତ ସ୍ୱର୍ଗରୁ ଅବତରଣ କରିବେ, ସେଥିରେ ଯେଉଁମାନେ ଖ୍ରୀଷ୍ଟଙ୍କଠାରେ ଥାଇ ମରିଅଛନ୍ତି, ସେମାନେ ପ୍ରଥମରେ ଉଠିବେ; ପରେ ଆମ୍ଭେମାନେ ଯେତେ ଲୋକ ଜୀବିତ ରହି ଅବଶିଷ୍ଟ ଥିବୁ, ପ୍ରଭୁଙ୍କ ସହିତ ସାକ୍ଷାତ କରିବା ନିମନ୍ତେ ଆମ୍ଭେମାନେ ସେମାନଙ୍କ ସହ ମେଘମାଳାରେ ଶୂନ୍ୟମଣ୍ଡଳକୁ ନୀତ ହେବୁ; ଏହି ପ୍ରକାରେ ଆମ୍ଭେମାନେ ସର୍ବଦା ପ୍ରଭୁଙ୍କ ସହିତ ରହିବୁ। – ୧ ଥେସଲନୀକୀୟ 4: 16,17

ତୁମ୍ଭେମାନେ ମଧ୍ୟ ପ୍ରସ୍ତୁତ ହୋଇଥାଅ, କାରଣ ଯେଉଁ ଦଣ୍ଡରେ ତୁମ୍ଭେମାନେ ମନେ କରୁ ନ ଥିବ, ସେହି ଦଣ୍ଡରେ ମନୁଷ୍ୟପୁତ୍ର ଆସିବେ। - ଲୂକ 12:40

ତୁମ୍ଭେମାନେ ସାବଧାନ ହୋଇଥାଅ, ଜାଗି ରୁହ; କାରଣ ସେସମୟ କେବେ ହେବ, ତାହା ତୁମ୍ଭେମାନେ ଜାଣ ନାହିଁ। - ମାର୍କ 13:33

## ପ୍ରସ୍ତୁତ ରୁହ - ଯୀଶୁ ଶୀଘ୍ର ଆସିବେ !





**ଯେଉଁମାନେ ଯୀଶୁଙ୍କଠାରେ ବିଶ୍ୱାସ ରଖନ୍ତି ସେମାନଙ୍କର ଘର ହେଉଛି ସ୍ୱର୍ଗ ।**
**ଯେଉଁମାନେ ତାହାଙ୍କୁ ଭଲ ପାଆନ୍ତି ସେମାନଙ୍କ ପାଇଁ ସ୍ୱର୍ଗ ଏକ ଯଥାର୍ଥ ସ୍ଥାନ ଅଟେ ।**

କିନ୍ତୁ ଯେପରି ଲେଖାଅଛି, "ଚକ୍ଷୁ ଯାହା ଦେଖି ନାହିଁ, କର୍ଣ୍ଣ ଯାହା ଶୁଣି ନାହିଁ, ଆଉ ମନୁଷ୍ୟର ହୃଦୟରେ ଯାହା ଜାତ ହୋଇ ନାହିଁ, ଯେସମସ୍ତ ବିଷୟ ଈଶ୍ୱର ଆପଣା ପ୍ରେମକାରୀ ଲୋକମାନଙ୍କ ନିମନ୍ତେ ପ୍ରସ୍ତୁତ କରିଅଛନ୍ତି।" - ୧ କରିନ୍ଥୀୟ 2:9

**ସ୍ୱର୍ଗରେ ଆଉ ଦୁଃଖ, ଯନ୍ତ୍ରଣା କିମ୍ବା ମୃତ୍ୟୁ ନାହିଁ ।**

ପୁଣି ଈଶ୍ୱର ସ୍ୱୟଂ ସେମାନଙ୍କ ସଙ୍ଗରେ ରହିବେ ଓ ସେମାନଙ୍କ ଚକ୍ଷୁରୁ ସମସ୍ତ ଅଶ୍ରୁଜଳ ପୋଛିଦେବେ; ମୃତ୍ୟୁ ଆଉ ଘଟିବ ନାହିଁ; ଶୋକ କି କ୍ରନ୍ଦନ କି ବ୍ୟଥା ଆଉ ହେବ ନାହିଁ; କାରଣ ପୂର୍ବ ବିଷୟସବୁ ଲୋପ ପାଇଅଛି। - ପ୍ରକାଶିତ ବାକ୍ୟ 21:4

**ଯୀଶୁ ଚାହାଁନ୍ତି ନାହିଁ ଯେ କେହି ଦୋଷୀ ସାବ୍ୟସ୍ତ ହୁଅନ୍ତୁ - ସେ ଆମ୍ଭମାନଙ୍କୁ ଚାହାଁନ୍ତି ଯେ ଅନ୍ୟମାନଙ୍କୁ ସ୍ୱର୍ଗ ପାଇଁ ପ୍ରସ୍ତୁତ କରିବାରେ ସାହାଯ୍ୟ କରିବା ।**

ଏଥିରେ ଚମତ୍କୃତ ହୁଅ ନାହିଁ, କାରଣ ଯେଉଁ ସମୟରେ ସମାଧିସ୍ଥ ସମସ୍ତେ ତାହାଙ୍କ ସ୍ୱର ଶୁଣିବେ ଏବଂ ଯେଉଁମାନେ ସତ୍କର୍ମ କରିଅଛନ୍ତି, ସେମାନେ ଜୀବନର ପୁନରୁତ୍ଥାନ ନିମନ୍ତେ ଓ ଯେଉଁମାନେ ଅସତ୍ କର୍ମ କରିଅଛନ୍ତି, ସେମାନେ ଦଣ୍ଡର ପୁନରୁତ୍ଥାନ ନିମନ୍ତେ ବାହାର ହୋଇ ଆସିବେ, ଏପରି ସମୟ ଆସୁଅଛି। - ଯୋହନ 5:28,29

ପୁଣି, ଯୀଶୁ ସେମାନଙ୍କ ନିକଟକୁ ଆସି ଆଳାପ କରି କହିଲେ, ସ୍ୱର୍ଗ ଓ ପୃଥିବୀର ସମସ୍ତ ଅଧିକାର ମୋତେ ପ୍ରଦତ୍ତ ହୋଇଅଛି। ଅତଏବ, ତୁମ୍ଭେମାନେ ଯାଇ ସମସ୍ତ ଜାତିର ଲୋକଙ୍କୁ ପିତା, ପୁତ୍ର ଓ ପବିତ୍ର ଆତ୍ମାଙ୍କ ନାମରେ ବାପ୍ତିସ୍ମ ଦେଇ, ମୁଁ ତୁମ୍ଭମାନଙ୍କୁ ଯେଉଁ ଯେଉଁ ଆଜ୍ଞା ଦେଇଅଛି, ସେହିସବୁ ପାଳନ କରିବାକୁ ଶିକ୍ଷା ଦେଇ ସେମାନଙ୍କୁ ଶିଷ୍ୟ କର; ଆଉ ଦେଖ, ଯୁଗାନ୍ତ ପର୍ଯ୍ୟନ୍ତ ସଦାସର୍ବଦା ମୁଁ ତୁମ୍ଭମାନଙ୍କ ସଙ୍ଗେ ସଙ୍ଗେ ଅଛି।

– ମାଥିଉ 28:18-20

**ଯୀଶୁ ଖ୍ରୀଷ୍ଟ ହିଁ ସ୍ୱର୍ଗକୁ ଯିବାର କେବଳ ଏକମାତ୍ର ପଥ !**

ଦ୍ୱାରା ସଂକଳିତ